ସାଧାରଣ ଲୋକଙ୍କ ଖବରକାଗଜ
# ପର୍ଯ୍ୟବେକ୍ଷକ 25
PARYABEKHYAK
ପର୍ଯ୍ୟବେକ୍ଷକ

Vol.26 . No.247 Bhubaneswar Saturday November 11 2023 | ୨୬ତମ ବର୍ଷ ସଂଖ୍ୟା–୨୪୭ ଭୁବନେଶ୍ୱର, ଶନିବାର, ନଭେମ୍ବର ୧୧, ୨୦୨୩ | (୮ ପୃଷ୍ଠା) | ମୂଲ୍ୟ–୧.୫୦ ₹1.50 | (Air Surcharge - 0.50P) | Member-INS

# କେନ୍ଦ୍ରୀୟ ଡେପୁଟେସନରୁ ଫେରିଲେ ବି.ରାଧିକା, ହେବେ ପରବର୍ତ୍ତୀ ପୁଲିସ ଡିଜି



ଭୁବନେଶ୍ୱର,୧୦।୧୧(ପିଏନ):୧୯୮୯ ବ୍ୟାଚ୍ ଆଇପିଏସ୍ ବି.ରାଧିକା ରାଜ୍ୟ ପୁଲିସର ପରବର୍ତ୍ତୀ ମୁଖିଆ ହେବେ । ଓଡିଶାକୁ ପ୍ରଥମଥର ପାଇଁ ଜଣେ ମହିଳା ଡିଜିପି ମିଳିବେ । କେନ୍ଦ୍ର ସରକାର ବି.ରାଧିକାଙ୍କ ଡେପୁଟେସନ ଅବଧିକୁ ସମାପ୍ତ କରି ତାଙ୍କୁ ଓଡିଶା କ୍ୟାଡରକୁ ଫେରାଇ ଦେବାପରେ ଏହି ସମ୍ଭାବନା ଜୋର୍ ଧରିଛି । ବର୍ତ୍ତମାନର ଡିଜିପି ସୁନୀଲ ବଂଶଲଙ୍କ କାର୍ଯ୍ୟକାଳ ଚଳିତବର୍ଷ ଡିସେମ୍ବର ୩୧ରେ ଶେଷ ହେଉଛି ।ସୂଚନା ଅନୁସାରେ, ରାଧିକାଙ୍କ କେନ୍ଦ୍ରୀୟ ଡେପୁଟେସନ ଅବଧିକୁ ସମାପ୍ତ କରି କେନ୍ଦ୍ର ସରକାର ନଭେମ୍ବର ୮ତାରିଖରେ ତାଙ୍କୁ ରାଜ୍ୟ କ୍ୟାଡରକୁ ଫେରାଇ ଦେଇଛନ୍ତି । ସୀମା ସୁରକ୍ଷା ବଳ ଅତିରିକ୍ତ ଡିଜି ଭାବେ ରାଧିକା କାର୍ଯ୍ୟ କରୁଥିଲେ । ୨୦୧୮ ଅକ୍ଟୋବରରୁ କେନ୍ଦ୍ରୀୟ ଡେପୁଟେସନରେ ଯାଇଥିବା ରାଧିକା ୨୦୨୦ ନଭେମ୍ବରରେ ସୀମା ସୁରକ୍ଷା ବଳର ଅତିରିକ୍ତ ଡିଜି ଭାବେ ଦାୟିତ୍ୱ ଗ୍ରହଣ କରିଥିଲେ । ସେ ସରକାରୀ ଚାକିରିରୁ ୨୦୨୪ ଜୁଲାଇରେ ଅବସର ନେବେ । ଅବସର ନେବାକୁ ଆଉ ମାତ୍ର ୮ମାସ ଥିବାବେଳେ ତାଙ୍କୁ ନିଜ କ୍ୟାଡରକୁ କେନ୍ଦ୍ର ସରକାର ଫେରାଇ ଦେଇଛନ୍ତି । ବରିଷ୍ଠତା ଭିତ୍ତିରେ ଆଇପିଏସ୍ ରାଧିକାଙ୍କୁ ରାଜ୍ୟ ସରକାର ପରବର୍ତ୍ତୀ ଡିଜି ଭାବେ ନିଯୁକ୍ତି ଦେବାର ସମ୍ଭାବନା ରହିଛି । ଓଡିଶା ପୁଲିସ ଇତିହାସରେ ଏପର୍ଯ୍ୟନ୍ତ ୩୫ଜଣ ଡିଜିପି କାର୍ଯ୍ୟ କରିଥିଲେ ମଧ୍ୟ ଏଥିରେ କେହିବି ମହିଳା ନାହାନ୍ତି । ସାଧାରଣ ନିର୍ବାଚନକୁ ଦୃଷ୍ଟିରେ ରଖି ରାଜ୍ୟର କ୍ଷମତାସୀନ ବିଜେଡି ସରକାର ମହିଳା କାର୍ଡ ଖେଳୁଥିବାରୁ ରାଧିକାଙ୍କୁ ଓଡିଶାର ପ୍ରଥମ ମହିଳା ଡିଜିପି କରିବାର ସମ୍ଭାବନା ଅଧିକ ରହିଛି ।ବରିଷ୍ଠତା ଦୃଷ୍ଟିରୁ ବର୍ତ୍ତମାନର ଡିଜି ଶ୍ରୀ ବଂଶଲଙ୍କ ପରେ ୧୯୮୮ ବ୍ୟାଚ୍ ଆଇପିଏସ୍ ଅରୁଣ କୁମାର ରାୟ, ୧୯୮୯ ବ୍ୟାଚ୍‌ର ପ୍ରାଣବିନ୍ଦୁ ଆଚାର୍ଯ୍ୟ ଓ ଅମିତ୍ର ମୋହନ ପ୍ରସାଦଙ୍କ ପରେ ରାଧିକା ରହିଛନ୍ତି । ଅରୁଣ କୁମାର ରାୟଙ୍କ ଉପରେ ରାଜ୍ୟ ସରକାରଙ୍କ କୋପ ଦୃଷ୍ଟି ପଡିଥିଲା ଓ ଗତ ଏପ୍ରିଲ ମାସରେ ତାଙ୍କୁ ଅଚାନକ ଗୃହ ବିଭାଗର ଓଏସଡି ଭାବେ ବଦଳି କରିଥିଲେ । ଯଦିଓ ଇତିମଧ୍ୟରେ ଅରୁଣ ରାୟଙ୍କୁ ସରକାର ରାଜ୍ୟ ଟେଷ୍ଟବୁକ୍ ପ୍ରେସ୍ ନିର୍ଦ୍ଦେଶକ ଭାବେ ବଦଳି କରିଛନ୍ତି । ସେହିପରି ଅମିତ୍ର ମୋହନ ପ୍ରସାଦ ଏବେ ଜେଲ୍ ଡିଜି ଓ ପ୍ରାଣବିନ୍ଦୁ ଓଏଚ୍‌ଆରସି ଡିଜି ଭାବେ କାର୍ଯ୍ୟ କରୁଛନ୍ତି । ପ୍ରାଣବିନ୍ଦୁ ଆସନ୍ତା ମେ' ମାସରେ ସରକାରୀ ଚାକିରୀରୁ ଅବସର ନେବେ । ଅରୁଣ ଓ ଅମିତ୍ର ୨୦୨୫ରେ ଅବସର ନେବେ । ଏହି ୩ ଆଇପିଏସଙ୍କ ପରେ ବରିଷ୍ଠତା ଭିତ୍ତିରେ ରାଧିକାଙ୍କ ନାଁ ଆସୁଛି ।

## ବଲାଙ୍ଗିର ସରକାରୀ ଆୟୁର୍ବେଦିକ କଲେଜ ଅଧକ୍ଷ ଗିରଫ



ଭୁବନେଶ୍ୱର,୧୦।୧୧(ପିଏନ):ବଲାଙ୍ଗିର ସରକାରୀ ଆୟୁର୍ବେଦିକ କଲେଜ ଓ ହସ୍‌ପିଟାଲ୍‌ର ଅଧକ୍ଷ ପ୍ରଫେସର ସୁଦର୍ଶନ ବେହେରାଙ୍କୁ ଆଜି ଭିଜିଲାନ୍ସ ଗିରଫ କରିଛି । ଆୟ ବହିର୍ଭୂତ ସମ୍ପତ୍ତି ଠୁଳ କରିବା ଅଭିଯୋଗରେ ତାଙ୍କୁ ଗିରଫ କରାଯାଇଛି । ସେ ତାଙ୍କ ଆୟଠାରୁ ୧୧୩% ଅଧିକ ସମ୍ପତ୍ତି ଠୁଳ କରିଥିବା ଭିଜିଲାନ୍ସ କହିଛି ।ପ୍ରଫେସର ସୁଦର୍ଶନ ବେହେରାଙ୍କର ତିନିଟି ବହୁତଳ କୋଠା ରହିଛି । ସେଥିରୁ ଗୋଟିଏ ପୁରୀ ଜିଲ୍ଲା ସାକ୍ଷୀଗୋପାଳ ବ୍ଲକ୍ ଛକ ନିକଟରେ ରହିଛି । ଏହି ଘରଟି ୪ ମହଲା ବିଶିଷ୍ଟ । ପାଖାପାଖି ୪୬୦୦ ବର୍ଗଫୁଟ ଅଞ୍ଚଳରେ ଏହି କୋଠାଟି ତିଆରି ହୋଇଛି । ସେହିପରି ପୁରୀ ଜିଲ୍ଲା ସତ୍ୟବାଦୀର ଶ୍ରୀରାମଚନ୍ଦ୍ରପୁରରେ ତାଙ୍କର ଏକ ଦୁଇ ମହଲା କୋଠା ରହିଛି । ପୁରୀ ଜିଲ୍ଲା ଗୋପର ସୋରିଷପଦାରେ ମଧ୍ୟ ତାଙ୍କର ଏକ କୋଠା ଠାବ କରାଯାଇଛି ।

## ସିନୋପ୍‌ସିସ ଇଣ୍ଡିଆ ଡିଜାଇନ, ଗବେଷଣା ଓ ବୈଷୟିକ ବିକାଶ କେନ୍ଦ୍ର ଉଦ୍‌ଘାଟନ

ଭୁବନେଶ୍ୱର,୧୦।୧୧(ପି.ଏନ): ସେମିକଣ୍ଡକ୍ଟର ଏବଂ ଇଲେକ୍‌ଟ୍ରୋନିକ ଡିଜାଇନ ଅଟୋମେସନ (ଇଡିଏ) ଉପକରଣ ଅଗ୍ରଣୀ ଯୋଗାଣକାରୀ ସଂସ୍ଥା ସିନୋପ୍‌ସିସ୍‌ର ଡିଜାଇନ, ଗବେଷଣା ଓ ବିକାଶ କେନ୍ଦ୍ରକୁ ମାନ୍ୟବର ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଆଜି ଉଦ୍‌ଘାଟନ କରିଛନ୍ତି । ପୂର୍ବ ଭାରତରେ ସିନୋପ୍‌ସିସର ଏହା ପ୍ରଥମ ବୈଷୟିକ କେନ୍ଦ୍ର । ଏହାଦ୍ୱାରା ଓଡ଼ିଶାରେ ସେମିକଣ୍ଡକ୍ଟର ଏବଂ ଇଲେକ୍ଟ୍ରୋନିକ ଚିପ୍ ଡିଜାଇନ ଇକୋସିଷ୍ଟମ ଅଭିବୃଦ୍ଧି ହେବା ସଙ୍ଗେ ସଙ୍ଗେ ଉଚ୍ଚସ୍ତରୀୟ ନିଯୁକ୍ତି ସୃଷ୍ଟି ହୋଇପାରିବ ଏବଂ ରାଜ୍ୟରେ ସେମିକଣ୍ଡକ୍ଟର ଡିଜାଇନ, ଗବେଷଣା ଓ ବିକାଶ କ୍ଷେତ୍ରରେ ସଶକ୍ତ ହୋଇପାରିବ । ଏହି ବୈଷୟିକ ଗବେଷଣା ଓ ବିକାଶ କେନ୍ଦ୍ରରେ ୩୦୦ରୁ ଊର୍ଦ୍ଧ୍ୱ ଦକ୍ଷତା ସମ୍ପର୍ଣ୍ଣ ଡିଜାଇନ୍ ଇଞ୍ଜିନିୟର କାର୍ଯ୍ୟ କରିବା ପାଇଁ ଭିତ୍ତିଭୂମିର ବ୍ୟବସ୍ଥା କରାଯାଇଛି । ଓଡ଼ିଶା ସରକାରଙ୍କ ଉଚ୍ଚସ୍ତରୀୟ ପ୍ରତିନିଧି ଦଳର ଆମେରିକା ଗସ୍ତ ଏବଂ ବିଶ୍ୱର ପ୍ରମୁଖ ଆଇଟି ଓ ସେମିକଣ୍ଡକ୍ଟର କମ୍ପାନି ସହିତ ସଫଳ ଆଲୋଚନା ଦ୍ୱାରା ବହୁରାଷ୍ଟ୍ରୀୟ କମ୍ପାନିମାନେ ଭୁବନେଶ୍ୱରରେ ସେମାନଙ୍କ କେନ୍ଦ୍ର ସ୍ଥାପନ କରିବାପାଇଁ ସହମତି ପ୍ରକାଶ କରିଛନ୍ତି । ସିନୋପ୍‌ସିସ୍‌ର ଡିଜାଇନ, ଗବେଷଣା ଓ ବିକାଶ କେନ୍ଦ୍ର ହେଉଛି ରାଜ୍ୟ ସରକାରଙ୍କ ଉତ୍ସର୍ଗୀକୃତ ପ୍ରୟାସର ଅନ୍ୟତମ ପ୍ରତିଫଳ ।ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀ ପଟ୍ଟନାୟକ ସିନୋପ୍‌ସିସ୍‌କୁ ଓଡ଼ିଶାକୁ ସ୍ୱାଗତ କରିବା ସହିତ ରାଜ୍ୟ ସରକାରଙ୍କ ତରଫରୁ ସମସ୍ତ ପ୍ରକାର ସହାୟତା ଯୋଗାଇଦେବାର ପ୍ରତିଶ୍ରୁତି ଦେଇ କହିଥିଲେ, "ବିଶ୍ୱର ଅନ୍ୟତମ ଅତ୍ୟାଧୁନିକ ଚିପ୍ ଡିଜାଇନ ଟେକ୍ନୋଲୋଜି କମ୍ପାନି ସିନୋପ୍‌ସିସ ଭୁବନେଶ୍ୱରରେ ଏହାର କେନ୍ଦ୍ର ସ୍ଥାପନ କରିଥିବାରୁ ମୁଁ ଆନନ୍ଦିତ । ଏହାଦ୍ୱାରା ଓଡ଼ିଶାରେ ଏକ ବୃହତ୍ ଇ.ଏସ୍.ଡି.ଏମ୍. ଇକୋସିଷ୍ଟମର ବିକାଶ ଘଟିବା ସହ ଯୁବପିଢ଼ିଙ୍କ ପାଇଁ ନିଯୁକ୍ତି ସୁଯୋଗ ସୃଷ୍ଟି ହୋଇପାରିବ ଏବଂ ଓଡ଼ିଶାର ଇଲେକ୍‌ଟ୍ରୋନିକ ଚିପ ଡିଜାଇନ ଅଟୋମେସନ କ୍ଷେତ୍ରରେ ଏକ ସ୍ୱତନ୍ତ୍ର ପରିଚୟ ଦେବ ।"

## ଶ୍ରୀମନ୍ଦିରରେ ଠେଲାପେଲା, ୧୦ରୁ ଊର୍ଦ୍ଧ୍ୱ ଭକ୍ତ ଆହତ

ପୁରୀ,୧୦।୧୧ (ପି.ଏନ): ପୁରୀ ପୁରୀ ଶ୍ରୀମନ୍ଦିରରେ ଘଣ୍ଟିଦ୍ୱାର ଓ ସାତପାହାଚ୍ ନିକଟରେ ମଙ୍ଗଳଆଳତୀ ସମୟରେ ଠେଲାପେଲା ହେବା ଯୋଗୁଁ ବହୁ ହବିଷ୍ୟାଳୀଙ୍କ ସମେତ ୧୦ରୁ ଊର୍ଦ୍ଧ୍ୱ ଆହତ ହୋଇଥିବା ଜଣାପଡିଛି । ବଗଲା ଧର୍ମଶାଳା ସରକାରୀ ହବିଷ୍ୟାଳୀ ସେଣ୍ଟରରେ ଥିବା ଜଣେ ହବିଷ୍ୟାଳୀଙ୍କ ଗୋଡରେ ଲାଗିଛି ଶକ୍ତ ଆଘାତ । ଆହତ ମହିଳା ମାନଙ୍କୁ ପୁରୀ ସଦର ହସପିଟାଲରେ ଭର୍ତ୍ତି କରାଯାଇଛି । ତେବେ ଆହତ ମାନଙ୍କୁ ତୁରନ୍ତ ମେଡିକାଲ ନେବା ପାଇଁ ଏକାଧିକ ଆମ୍ବୁଲାନ୍ସ ନିୟୋଜିତ କରାଯାଇଥିଲା । ତେବେ ଏଭଳି ଘଟଣା ଦର୍ଶନ ବ୍ୟବସ୍ଥାରେ ଅହେତୁକ ତ୍ରୁଟି ଯୋଗୁଁ ଘଟିଥିବା ଅଭିଯୋଗ ହେଉଛି । ମଙ୍ଗଳଆଳତୀ ପରେ ସିଂହଦ୍ୱାର ବେରିକେଡ ଖୋଲାଯିବା ସମୟରେ ହବିଷ୍ୟାଳୀ ମାନଙ୍କୁ ମଧ୍ୟ ଏକକାଳୀନ ମନ୍ଦିରକୁ ଛଡାଯାଇଥିଲା । ଫଳରେ ଘଣ୍ଟିଦ୍ୱାର ନିକଟରେ ହଜାର ହଜାର ଭକ୍ତଙ୍କ ଗହଳି ଓ ଠେଲାପେଲା ହୋଇଥିଲା । ପୁଲିସ ଓ ଜେଟିପି ମାନେ ଗହଳି ନିୟନ୍ତ୍ରଣ କରିବାରେ ବିଫଳ ହୋଇଥିଲେ । ଆହତ ହବିଷ୍ୟାଳୀ ଓ ଭକ୍ତ ମାନଙ୍କ କହିବା କଥା ହେଲା ଠେଲାପେଲା ସମୟରେ ଲୋକମାନେ ସେମାନଙ୍କ ଉପରେ ଚଢ଼ିଯିବା ସହ ଚକଟି ଦେଇଥିଲେ । ଫଳରେ ବହୁ ଭକ୍ତ ଆହତ ହେବା ସହ ଅନେକ ଗୁରୁତର ହୋଇଥିଲେ । କିଛି ଆହତଙ୍କୁ ଶ୍ରୀମନ୍ଦିର ଭିତରେ ଥିବା କାର୍ଯ୍ୟାଳୟରେ ରଖିଥିଲେ । ସେଠାରେ ସେମାନଙ୍କୁ ଫ୍ୟାନ୍ ଓ ଏସି ଲଗାଇ ଶୋଇବାକୁ ଦିଆଯାଇଥିଲା । ଓଆରଏସ ପାଣି ମଧ୍ୟ ପିଇବାକୁ ଦେଇଥିଲେ । ମାତ୍ର ଆହତ ମାନଙ୍କୁ ପର୍ଯ୍ୟାୟକ୍ରମେ ମେଡ଼ିକାଲ ପଠାଯାଇଥିଲା ।

## ବିଏସକେୱାଇରେ ସାମିଲ ହେଲା ଆଉ ୧୫୫ଟି ହସ୍‌ପିଟାଲ

ଭୁବନେଶ୍ୱର,୧୦।୧୧(ପି.ଏନ): ୭୬୫ଟି ଘରୋଇ ହସ୍ପିଟାଲରେ ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନାରେ ମାଗଣା ଚିକିତ୍ସା ସୁବିଧା ଉପଲବ୍ଧ ହେଉଛି । ରାଜ୍ୟ ସରକାରଙ୍କ ଏହି ବିଜୁ ସ୍ୱାସ୍ଥ୍ୟ କାର୍ଡ ଦେଶର ୧୬ଟି ରାଜ୍ୟର ୧୫୫ଟି ସୁପର ସ୍ପେଶାଲିଷ୍ଟ ହସ୍ପିଟାଲ ଓ ରାଜ୍ୟ ଭିତରର ୬୧୦ଟି ଘରୋଇ ହସ୍ପିଟାଲରେ କାର୍ଯ୍ୟ କରୁଛି । ଏହି କାର୍ଡ ମାଧ୍ୟମରେ ହିତାଧିକାରୀଙ୍କୁ ବର୍ଷକୁ ୫ରୁ ୧୦ଲକ୍ଷ ଟଙ୍କା ପର୍ଯ୍ୟନ୍ତ ଚିକିତ୍ସା ସୁବିଧା ଯୋଗାଇ ଦିଆଯାଉଛି । ସ୍ୱାସ୍ଥ୍ୟ ସଚିବ ତଥା ରାଜ୍ୟ ସ୍ୱାସ୍ଥ୍ୟ ଆସ୍ୟୁରାନ୍ସ ସୋସାଇଟି ଅଧ୍ୟକ୍ଷ ଶାଳିନୀ ପଣ୍ଡିତ ଏହି ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା (ବିଏସକେୱାଇ)ରେ ଅନୁବନ୍ଧିତ ଘରୋଇ ହସ୍ପିଟାଲରେ ଯେଭଳି ରୋଗୀଙ୍କୁ ଠିକ୍ ଭାବେ ଚିକିତ୍ସା ସୁବିଧା ମିଳିବ,ତାହାର ଦୈନିକ ତଦାରଖ କରିବାକୁ ନୋଡାଲ ଅଫିସରମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ହସ୍ପିଟାଲଗୁଡିକ ଦ୍ୱାରା ଯେତିକି ଚିକିତ୍ସା ଖର୍ଚ୍ଚ ଦାବି ହେଉଛି,ତାହା ବାସ୍ତବରେ ରୋଗୀଙ୍କୁ ଯୋଗାଇ ଦିଆଯାଇଛି ନା ନାହିଁ,ତାହାର ତଦାରଖ କରିବା ସହ ନିର୍ଦ୍ଧାରିତ ସମୟସୀମା ମଧ୍ୟରେ ହସ୍ପିଟାଲ ବିଲ୍ ପ୍ରଦାନ କରିବାକୁ କହିଛନ୍ତି । ଆଜି ଏହି ଯୋଜନାର ସମୀକ୍ଷାବେଳେ ଆନ୍ଧ୍ରପ୍ରଦେଶ, ଆସାମ, ତେଲେଙ୍ଗାନା, କର୍ଣ୍ଣାଟକ,ଦିଲ୍ଲୀ, ଗୁଜୁରାଟ, ମହାରାଷ୍ଟ୍ର, ପଶ୍ଚିମବଙ୍ଗ, ଛତିଶଗଡ,ଝାଡଖଣ୍ଡ, ପଞ୍ଜାବ, ହରିଆଣା, ରାଜସ୍ଥାନ, ତାମିଲନାଡୁ, ଉତ୍ତରପ୍ରଦେଶ, ଉତ୍ତରାଖଣ୍ଡ ଆଦି ୧୬ଟି ରାଜ୍ୟରେ ଥିବା ୧୫୫ଟି ଘରୋଇ ସୁପର ସ୍ପେଶାଲିଷ୍ଟ ହସ୍ପିଟାଲଗୁଡିକରେ ବିଜୁ କାର୍ଡଧାରୀଙ୍କୁ ଉନ୍ନତମାନର ଚିକିତ୍ସା ସୁବିଧା ଯୋଗାଇ ଦିଆଯାଇପାରୁଛି ବୋଲି ଜଣାପଡିଛି । ସେହିପରି ରାଜ୍ୟର ବିଭିନ୍ନ ଜିଲ୍ଲାରେ ଥିବା ମୋଟ ୬୧୦ଟି ହସ୍ପିଟାଲ ଏହି ଯୋଜନା ସହ ଅନୁବନ୍ଧିତ ରହିଛନ୍ତି । ଭୋଲୋରସ୍ଥିତ ଖ୍ରୀଷ୍ଟିୟାନ ମେଡିକାଲ କଲେଜ, ବାଙ୍ଗାଲୁରୁର ଶ୍ରୀଶଙ୍କର କ୍ୟାନସର ଫାଉଣ୍ଡେସନ,କୋଲକାତାର ଟାଟା ମେଡିକାଲ ସେଂଟର, ଭାଇଜାକର ହୋମିଭାବା କ୍ୟାନସର ହସ୍ପିଟାଲ, ମୁମ୍ବାଇର ଟାଟା ମୋମୋରିଆଲ,ବାରାଣାସୀର ଏଚ୍‌ବି କ୍ୟାନସର ହସ୍ପିଟାଲ ସମେତ ଫର୍ଟିସ ଗ୍ରୁପ ଅଫ ହସ୍ପିଟାଲର ବିଭିନ୍ନ ରାଜ୍ୟରେ ଥିବା ୨୪ଟି କେନ୍ଦ୍ର, ନାରାୟଣ ହୃଦୟାଳୟ ଗ୍ରୁପର ୭ଟି ସୁପର ସ୍ପେଶାଲିଷ୍ଟ ହସ୍ପିଟାଲ ଓ ଦେଶର ଅନ୍ୟ ପ୍ରମୁଖ ହସ୍ପିଟାଲକୁ ବିଏସକେୱାଇ ସହ ଅନୁବନ୍ଧିତ କରାଯାଇଛି । ରାୟପୁର,ସୁରଟରେ ଥିବା ବହୁ ପ୍ରମୁଖ ହସ୍ପିଟାଲଗୁଡିକ ମଧ୍ୟ ଏହି ଯୋଜନାରେ ଅନୁବନ୍ଧିତ ହୋଇଛନ୍ତି । ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା କାର୍ଯ୍ୟକାରିତାର ତଦାରଖ ପାଇଁ ୫୪ଜଣ ଜିଲ୍ଲା ସଂଯୋଜକ ନିଯୁକ୍ତି ପାଇଛନ୍ତି । ଯେଉଁମାନେ ଅନୁବନ୍ଧିତ ହସ୍ପିଟାଲକୁ ଗସ୍ତ କରି ରୋଗୀକେନ୍ଦ୍ରିକ ସେବା ଉପରେ ନଜର ରଖୁଛନ୍ତି । ଏହାସହିତ ହସ୍ପିଟାଲଗୁଡିକରେ ସରକାର ୭୭୩ ଜଣ ସ୍ୱାସ୍ଥ୍ୟମିତ୍ରଙ୍କୁ ନିୟୋଜିତ କରିଛନ୍ତି । ଏହି ଅନୁବନ୍ଧିତ ଘରୋଇ ହସ୍ପିଟାଲଗୁଡିକରେ କାର୍ଡଧାରୀ ରୋଗୀଙ୍କୁ ମିଳୁଥିବା ଚିକିତ୍ସା ସେବା,ଖର୍ଚ୍ଚ ଆଦିର ଦୈନିକ ତଦାରଖ ପାଇଁ ପ୍ରାୟ

## ପୂର୍ବତନ ମୁଖ୍ୟମନ୍ତ୍ରୀଙ୍କ କହିଲେ- ନୀତୀଶ କୁମାରଙ୍କ ଖାଇବାରେ କେହି ବିଷାକ୍ତ ଜିନିଷ ମିଶାଇ ଦେଇଛି





ନୂଆଦିଲ୍ଲୀ,୧୦।୧୧(ପି.ଏନ): ହିନ୍ଦୁସ୍ତାନୀ ଆବାମ ମୋର୍ଚ୍ଚା(ହାମ) ମୁଖ୍ୟ ତଥା ବିହାରର ପୂର୍ବତନ ମୁଖ୍ୟମନ୍ତ୍ରୀ ଜିତନ ରାମ ମାଞ୍ଝୀ ଶୁକ୍ରବାର ସାଂଘାତିକ ଦାବି କରିଛନ୍ତି । ଗୋଟିଏ ଭୟଙ୍କର ଷଡଯନ୍ତ୍ର ବଳରେ ବିବାହାର ମୁଖ୍ୟମନ୍ତ୍ରୀ ନୀତୀଶ କୁମାରଙ୍କ ଖାଇବାରେ କିଛି ବିଷାକ୍ତ ଜିନିଷ ମିଶାଇ ଦିଆଯାଇଛି । ଯେଉଁମାନେ ମୁଖ୍ୟମନ୍ତ୍ରୀ ଚୌକିରେ ବସିବାକୁ ଚାହୁଁଛନ୍ତି, ସେମାନେ ଏପରି କରିଥିବା ସେ କହିଛନ୍ତି ।ରାଜ୍ୟରେ ସଂରକ୍ଷଣ ବ୍ୟବସ୍ଥାକୁ ୬୫%କୁ ବୃଦ୍ଧି କରିବାକୁ ବିଧାନସଭାରେ ଗୁରୁବାର ଆଲୋଚନା ହେଉଥିଲା । ଏହି ସମୟରେ ନୀତୀଶ କୁମାର ଜୋରଦାର ଢଙ୍ଗରେ ମାଞ୍ଝୀଙ୍କୁ ସମାଲୋଚନା କରିଥିଲେ । ନୀତୀଶ କୁମାରଙ୍କ ଏପରି ଆଭିମୁଖ୍ୟ ପରେ ମାଞ୍ଝୀଙ୍କ ବୟାନ ସାମ୍ନାକୁ ଆସିଛି ।

## ଏଟିଏମ୍‌ରେ ଟଙ୍କା ଭରିବାକୁ ଯାଉଥିଲେ,ଦେଢ଼ କୋଟିରୁ ଅଧିକ ଟଙ୍କା ଭର୍ତ୍ତି ଟ୍ରଙ୍କ ନେଇଗଲେ ଦୁର୍ବୃତ୍ତ



ଭୁବନେଶ୍ୱର,୧୦।୧୧: କଟକ ଜିଲ୍ଲା ତିଗିରିଆ ଥାନା ଗୋଡିଝରିଆ ନିକଟରେ ଆଜି କିଛି ଦୁର୍ବୃତ୍ତ ବନ୍ଧୁକ ଦେଖାଇ ଏଟିଏମ୍‌ରେ ଟଙ୍କା ଭରିବାକୁ ଯାଉଥିବା ଭ୍ୟାନ୍‌ରୁ ଟଙ୍କା ଭର୍ତ୍ତି ଟ୍ରଙ୍କ ଲୁଟି ନେଇଥିବା ଅଭିଯୋଗ ହୋଇଛି । ଉକ୍ତ ଟ୍ରଙ୍କରେ ଦେଢ଼ କୋଟିରୁ ଅଧିକ ଟଙ୍କା ଥିବା କୁହାଯାଉଛି । ଆଜି ସିକ୍ୟୋର ଭାଲ୍ୟୁ ନାମକ ସଂସ୍ଥାର କର୍ମଚାରୀମାନେ ଆଠଗଡ ଏସ୍‌ବିଆଇରୁ ଟଙ୍କା ଉଠାଇ ବିଭିନ୍ନ ଏଟିଏମ୍‌ରେ ଭରିବାକୁ ଯାଇଥିଲେ । ସେମାନେ ୨ କୋଟିରୁ ଅଧିକ ଟଙ୍କା ଉଠାଇଥିଲେ । ମୋଟ ୧୩ଟି ଏଟିଏମ୍‌ରେ ସେମାନେ ଏହି ଟଙ୍କା ଭରି ଥାଆନ୍ତେ । ତେବେ ମାତ୍ର ଚାରୋଟି ଏଟିଏମ୍‌ରେ ଟଙ୍କା ଭର୍ତ୍ତି କରିବା ପରେ ସେମାନେ ଲୁଟ୍‌ର ଶିକାର ହୋଇଥିବା ଅଭିଯୋଗ କରିଛନ୍ତି । ସିକ୍ୟୋର ଭାଲ୍ୟୁ ସଂସ୍ଥା ପକ୍ଷରୁ ଟଙ୍କା ନେଇ ଯାଉଥିବା ଗାଡିରେ ଜଣେ ସୁରକ୍ଷା କର୍ମଚାରୀଙ୍କୁ ମିଶାଇ ମୋଟ ଚାରି ଜଣ ଥିଲେ । ସେମାନେ ଗୋଡିଝରିଆରେ ଏଟିଏମ୍‌ରେ ଟଙ୍କା ଭର୍ତ୍ତି କରି ଫେରୁଥିବା ବେଳେ ଏକ ନିଛାଟିଆ ସ୍ଥାନରେ ଗାଡି ଉପରକୁ ଏକ ପଥର ମାଡ ହୋଇଥିଲା । ତେଣୁ ଡ୍ରାଇଭର ଗାଡିର ବେଗ କମାଇ ଦେଇଥିଲେ । ସେତେବେଳେ ଏକ ସ୍କ?ର୍ପିଓ, ଗୋଟିଏ ବାଇକ ଓ ଗୋଟିଏ ସ୍କୁଟି ସେମାନଙ୍କ ବାଟ ଓଗାଳିଥିଲେ । ଏହି ସବୁ ଗାଡିରେ ଆସିଥିବା ୮ରୁ ଅଧିକ ଲୋକ ମୁହଁରେ କପଡା ବାନ୍ଧିଥିଲେ । ସେମାନଙ୍କ ହାତରେ ବନ୍ଧୁକ ଓ ଅନ୍ୟାନ୍ୟ ମାରଣାସ୍ତ୍ର ଥିଲା । ସିକ୍ୟୋର ଭାଲ୍ୟୁ ସଂସ୍ଥାର ଗାଡି ଅଟକି ଯିବା ପରେ ଦୁର୍ବୃତ୍ତମାନେ ଗାଡିରୁ ଓହ୍ଲାଇ ଆସି କେହି କିଛି ବୁଝିବା ପୂର୍ବରୁ ସମସ୍ତଙ୍କ ମୁଣ୍ଡରେ ବନ୍ଧୁକ ରଖି ଦେଇଥିଲେ । ଗାଡିରେ ଥିବା ସୁରକ୍ଷାକର୍ମଚାରୀଙ୍କ ଠାରୁ ବନ୍ଧୁକ ଛଡାଇ ନେଇଥିଲେ । ସମସ୍ତଙ୍କ ଠାରୁ ମୋବାଇଲ ଛଡାଇ ନେବା ସହ ଗାଡି ଠାରୁ ଦୂରରେ ଛିଡା ହେବାକୁ କହିଥିଲେ ଓ ଗାଡିରେ ଥିବା ଟଙ୍କା ଭର୍ତ୍ତି ଟ୍ରଙ୍କ ନେଇ ଫେରାର ହୋଇଯାଇଥିଲେ ।

## ସବୁ ପଞ୍ଚାୟତରେ ପହଞ୍ଚିଲା ଆମ ଓଡିଶା ନବୀନ ଓଡିଶା

ଭୁବନେଶ୍ୱର,୧୦।୧୧(ପି.ଏନ): ସବୁ ପଞ୍ଚାୟତରେ ପହଞ୍ଚିଲା ଆମ ଓଡିଶା ନବୀନ ଓଡିଶା । ରାଜ୍ୟ ସରକାରଙ୍କର ଗ୍ରାମାଭିମୁଖୀ ମହତ୍ୱକାଂକ୍ଷୀ ଯୋଜନା 'ଆମ ଓଡିଶା ନବୀନ ଓଡିଶା' ଅକ୍ଟୋବର ୧୦ରୁ ଆରମ୍ଭ ହୋଇ ନଭେମ୍ବର ୧୦ରେ, ଏକ ମାସ ସମୟସୀମା ମଧ୍ୟରେ ମାତ୍ର ୧୩ ଦିନର କାର୍ଯ୍ୟକ୍ରମରେ ସମ୍ପୂର୍ଣ୍ଣ ହୋଇଛି ଏହି କାର୍ଯ୍ୟକ୍ରମ । ରେକର୍ଡ ୧୩ ଦିନର କାର୍ଯ୍ୟକ୍ରମରେ ସମ୍ପୂର୍ଣ୍ଣ ହୋଇଥିବାରୁ ସମସ୍ତଙ୍କୁ ମୁଖ୍ୟମନ୍ତ୍ରୀ ଧନ୍ୟବାଦ ଜଣାଇଥିଲେ ।କେନ୍ଦୁଝରରୁ ଆରମ୍ଭ ହୋଇ ଉତ୍ସାହ ଆନନ୍ଦର ସହ ବାଣର ଶବ୍ଦ ଓ ଆଲୋକର ଫୁଆର ମଧ୍ୟରେ ଯାଜପୁରରେ ଉଦ୍‌ଯାପନ ହୋଇଛି ଏହି କାର୍ଯ୍ୟକ୍ରମ । ଏକ ମାସ ମଧ୍ୟରେ ସମାପନ ହୋଇଥିବା ଏହି କାର୍ଯ୍ୟକ୍ରମରେ ସମୁଦାୟ ୧୬.୫୦ ଲକ୍ଷ ଲୋକ ଭାଗ ନେଇଥିଲେ । କାର୍ଯ୍ୟକ୍ରମର ସଫଳତା ପାଇଁ ସମସ୍ତ ଜନସାଧାରଣ, ଲୋକ ପ୍ରତିନିଧି ଏବଂ ପ୍ରଶାସନିକ ଅଧିକାରୀମାନଙ୍କୁ ଧନ୍ୟବାଦ ଜଣାଇଲେ ୫ଟି ଓ 'ନବୀନ ଓଡିଶା' ଅଧ୍ୟକ୍ଷ ଶ୍ରୀ ପାଣ୍ଡିଆନ ।ଏହା ସହିତ ନୂଆ ଓଡିଶା ସଶକ୍ତ ଓଡିଶା ଗଠନର ଭିତ୍ତିଭୂମି ସୁଦୃଢ ହେବାର ଅଭିଯାନ ଆଜି ରାଜ୍ୟର ସବୁ ଜିଲ୍ଲା, ସବୁ ବ୍ଲକ, ସବୁ ପଞ୍ଚାୟତ ଓ ସବୁ ଗାଁରେ ପହଞ୍ଚି ପାରିଛି । ସାରା ରାଜ୍ୟରେ ୩,୩୯୭ କୋଟି ଟଙ୍କାର ପ୍ରକଳ୍ପ କାର୍ଯ୍ୟକାରୀ କରାଯାଉଛି । ଏହି କାର୍ଯ୍ୟକ୍ରମର ଫୋକସ୍ ହୋଇଛି ପ୍ରତି ପଞ୍ଚାୟତ, ପ୍ରତି ଗାଁ । ଆଜି ଭୁବନେଶ୍ୱରରୁ ଆଭାସୀ ଯୋଗେ ମୁଖ୍ୟମନ୍ତ୍ରୀ ଶ୍ରୀ ନବୀନ ପଟ୍ଟନାୟକ କାର୍ଯ୍ୟକ୍ରମର ଅନ୍ତିମ ଦିନରେ କୋରାପୁଟ, ନୂଆପଡା ଓ ଯାଜପୁର ଜିଲ୍ଲାରେ ଏହି ଯୋଜନାର ଶୁଭାରମ୍ଭ କରିଛନ୍ତି । ପ୍ରତି ପଞ୍ଚାୟତ ପାଇବେ ୫୦ ଲକ୍ଷ ଟଙ୍କା । ଏଥିପାଇଁ କୋରାପୁଟ ଜିଲ୍ଲାର ୫ଟି ନିର୍ବାଚନମଣ୍ଡଳୀକୁ ମିଳିଛି ୧୨୦ କୋଟି ଟଙ୍କା । ଏହି ନିର୍ବାଚନମଣ୍ଡଳୀ ଗୁଡିକ ହେଲା –ଲକ୍ଷ୍ମୀପୁର, କୋଟପାଡ, ଜୟପୁର, କୋରାପୁଟ ଓ ପଟାଙ୍ଗୀ । ଏହିସବୁ ନିର୍ବାଚନ ମଣ୍ଡଳୀର ୧୪ଟି ବ୍ଲକ୍‌ର ୨୪୦ଟି ଗ୍ରାମ ପଞ୍ଚାୟତରେ ୩୦୮୭ଟି ପ୍ରକଳ୍ପ ହେବ । ସେହିପରି ନୂଆପଡା ଜିଲ୍ଲାର ୨ଟି ନିର୍ବାଚନମଣ୍ଡଳୀ ପାଇଁ ୬୫.୫୦ କୋଟି ଟଙ୍କା ମଂଜୁର ହୋଇଛି । ଏହି ନିର୍ବାଚନମଣ୍ଡଳୀ ଗୁଡିକ ହେଲା– ନୂଆପଡା ଓ ଖରିଆର । ଏଥିରେ ୫ଟି ବ୍ଲକ୍?ର ୧୩୧ଟି ଗ୍ରାମପଞ୍ଚାୟତରେ ୧୭୬୫ଟି ପ୍ରକଳ୍ପ କରାଯିବ । ସେହିପରି ଯାଜପୁର ଜିଲ୍ଲାର ୭ଟି ନିର୍ବାଚନ ମଣ୍ଡଳୀକୁ ମିଳିଛି ୧୫୫.୫୦ କୋଟି ଟଙ୍କା । ଏହି ନିର୍ବାଚନମଣ୍ଡଳୀ ଗୁଡିକ ହେଲା – ଯାଜପୁର, ବିଞ୍ଝାରପୁର, ବଡଚଣା, ବରି, ସୁକିନ୍ଦା, ଧର୍ମଶାଳା ଓ କୋରେଇ । ଏହିସବୁ ନିର୍ବାଚନମଣ୍ଡଳୀର ୧୦ଟି ବ୍ଲକ୍‌ର ୩୧୧ଟି ଗ୍ରାମ ପଞ୍ଚାୟତରେ ୪୧୦୯ଟି ପ୍ରକଳ୍ପ ହେବ ।ଆଜିର କାର୍ଯ୍ୟକ୍ରମ ପାଇଁ କୋରାପୁଟ ଜିଲ୍ଲାର ୫ଟି, ନୂଆପଡା ଜିଲ୍ଲାର ୨ଟି ଓ ଯାଜପୁର ଜିଲ୍ଲାର ୭ଟି ନିର୍ବାଚନମଣ୍ଡଳୀରେ ଆୟୋଜିତ କାର୍ଯ୍ୟକ୍ରମରେ ବିପୁଳ ଜନସମାଗମ ହୋଇଥିଲା । 'ଆମ ଓଡିଶା ନବୀନ ଓଡିଶା' କାର୍ଯ୍ୟକ୍ରମ ପାଇଁ ଲୋକଙ୍କ ଭିତରେ ବିପୁଳ ଉତ୍ସାହ ପରିଲକ୍ଷିତ ହୋଇଥିଲା । କୋରାପୁଟରେ ୭୦ ହଜାରରୁ ଅଧିକ ଓ ଯାଜପୁରରେ ୮୦ ହଜାରରୁ ଅଧିକ ଲୋକ କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ । ଏଥିରେ ୮୦ ପ୍ରତିଶତ ହେଉଛନ୍ତି ମା'ମାନେ । ଏହି କାର୍ଯ୍ୟକ୍ରମରେ ପ୍ରତି ଗାଁରେ ଜଗନ୍ନାଥ ସଂସ୍କୃତିର ପ୍ରସାର, ପ୍ରତି ପୂଜାସ୍ଥଳୀର ବିକାଶ ଜରିଆରେ ଓଡିଶାର ସଂସ୍କୃତିର ମୂଳ ଭିତ୍ତିକୁ ସୁଦୃଢ଼ କରାଯିବା ସହିତ ଡିଜିଟାଲ ଭିତ୍ତିଭୂମିର ମଧ୍ୟ ବିକାଶ କରାଯିବ । ଏକ ଆକାଂକ୍ଷୀ ଓଡିଶା ଗଠନ ପାଇଁ ଏହା ହେବ ମୂଳ ଭିତ୍ତି । ଏହି ଅବସରରେ ଉଦ୍‌ବୋଧନ ଦେଇ ମୁଖ୍ୟମନ୍ତ୍ରୀ କହିଥିଲେ ଯେ ଆମ ଓଡିଶା ନବୀନ ଓଡିଶା ଏକ ଅଭିନବ କାର୍ଯ୍ୟକ୍ରମ । ଗାଁରେ ଆଧୁନିକ ବିକାଶର ଭିତ୍ତି ପକେଇବା ପାଇଁ ଏହା ପରିକଳ୍ପନା କରାଯାଇଛି । ଜଗନ୍ନାଥ ସଂସ୍କୃତିକୁ ସାଥିରେ ଧରି, ଡିଜିଟାଲ ଯୁଗ ସହିତ ତାଳ ଦେଇ ଆମ ଓଡିଶାର ଗାଁଗୁଡିକ ଆଗକୁ ବଢୁଛନ୍ତି । ସେ କହିଥିଲେ ଯେ ବିକାଶର ନୂଆ ଇତିହାସ ଲେଖୁଛି 'ଆମ ଓଡିଶା ନବୀନ ଓଡିଶା' । ଡିଜିଟାଲ ସଂଯୋଗ ସହିତ ଜଗନ୍ନାଥ ସଂସ୍କୃତିର ସମନ୍ୱୟ ଏକ ସଶକ୍ତ ଓଡିଶା ଗଠନର ମାର୍ଗ ପ୍ରଶସ୍ତ କରିଛି ବୋଲି ସେ କହିଥିଲେ । ସେ ପୁଣି କହିଲେ ଯେ 'ଆମ ଓଡିଶା ନବୀନ ଓଡିଶା' କାର୍ଯ୍ୟକ୍ରମ ଗାଁ ଗାଁରେ ଆଧୁନିକ ଓଡିଶାର ଭିତ୍ତି ସ୍ଥାପନ କରିବ । ଆମର ସୁଦୃଢ଼ ସାଂସ୍କୃତିକ ଭିତ୍ତିଭୂମିରୁ ଆଧୁନିକ ବୈଷୟିକ ଜ୍ଞାନର ବିସ୍ତୃତ ଦିଗ୍‌ବଳୟକୁ ଛୁଇଁବା ନିମନ୍ତେ ନୂଆ ଓଡିଶା ତା'ର ଡେଣାକୁ ଆହୁରି ପ୍ରସାରିତ କରି ନୂଆ ଶିଖରରେ ପହଞ୍ଚିବ ଏବଂ ଆମେ ଗଢ଼ିବା ନୂଆ ଓଡିଶା ନବୀନ ଓଡିଶା ।

## ଆସନ୍ତା ସପ୍ତାହରେ ଲଘୁଚାପ !



ବଙ୍ଗୋପସାଗରରେ ସୃଷ୍ଟି ହୋଇପାରେ ଆଉ ଏକ ଲଘୁଚାପ । ଏହି ସୂଚନା ଦେଇଛି ଭୁବନେଶ୍ୱର ସ୍ଥିତ ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ।କେନ୍ଦ୍ର ପକ୍ଷରୁ ଏହାର 'ଢ' ଏକାଉଣ୍ଟରେ ଆଜି ଲେଖାଯାଇଛି ଯେ ଦକ୍ଷିଣପୂର୍ବ ଏବଂ ପାର୍ଶ୍ୱବର୍ତ୍ତୀ ଦକ୍ଷିଣପଶ୍ଚିମ ବଙ୍ଗୋପସାଗର ଅଞ୍ଚଳରେ ୧୫ ନଭେମ୍ବର ବେଳକୁ ଏକ ଲଘୁଚାପ କ୍ଷେତ୍ର ସୃଷ୍ଟି ହେବାର ସମ୍ଭାବନା ରହିଛି ।








# ଟି ଟାଇମ୍



## ଜୋକ୍ସ

ଚିଣ୍ଟୁ-ବାପା କାଲି ଆମ ସ୍କୁଲକୁ ଯିବ, ଗୋଟେ ଛୋଟିଆ ଗେଟ ଟୁଗେଦର ଅଛି
ବାପା-କିଏ କିଏ ଆସୁଛନ୍ତି ?
ଚିଣ୍ଟୁ-କେହି ନୁହେଁ, ମୁଁ ତମେ ଆଉ ପ୍ରିନ୍ସପାଲ।

ହରି-ମୁଁ ଯେତେବେଳେ ଏଠାକୁ ଆସିଲି ଖାଲି ପାଦରେ ଆସିଥିଲି ।
ଶାମ- ମୁଁ ତ ଖାଲି ଦେହରେ ଆସିଥିଲି।
ହରି-କିପରି ?
ଶାମ- ମୁଁ ପରା ଏଇଠି ଜନ୍ମ ହୋଇଛି ।

# ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ



ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ୍ୟ ଥକ୍କା ଅନୁଭବ କରିଥାନ୍ତି। ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ । ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାବ୍ରୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ। ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ । କ୍ଷୀରରେ ମହୁ ମିଶାଇ ଓ କଦଳୀର ସେକ୍ ପିଇଲେ ଶରୀରକୁ ଭଲ ଶକ୍ତି ମିଳିଥାଏ । ସବୁଠାରୁ ମହତ୍ତ୍ୱପୂର୍ଣ୍ଣ କଥା ହେଉଛି ଆପଣ ପୂରା ଦିନ ଯେତେ କାମ କରିଲେ ମଧ୍ୟ ୭ରୁ ୮ ଘଣ୍ଟାର ନୀଦ ପୂରା କରିବା ଉଚିତ୍ । ଏଭଳି କଲେ ପର ଆପଣଙ୍କୁ ସଠିକ୍ ଶକ୍ତି ମିଳିପାରିବ । ଯେବେ ବି ଥକ୍କାପଣ ଅନୁଭବ ହୁଏ ତେବେ ୧୫ କିମ୍ବା ୨୦ମିନିଟ୍ର ବିଶ୍ରାମ ଯେମିତି ହେଲେ ନେବେ । ନୀଦ ପୂରା ନହେଲେ ଶରୀରର ଓଜନ ମଧ୍ୟ ବଢ଼ିଥାଏ ଓ ଥକ୍କାପଣ ଜଲଦି ଆସିଯାଇଥାଏ ।

# ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖି କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ। ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଛେଦ ହେବ। ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତ୍ତି ଏବଂ ବୃଷଭାନୁଙ୍କୁ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

## ପୁରାଣ କାହାଣୀ

# ରାମାୟଣ ଆଦ୍ୟକାଣ୍ଡ



ସରଜୁ ନଦୀ କୂଳରେ ଅବସ୍ଥିତ ଅଯୋଧ୍ୟା ନଗରୀ ହେଉଛି କୋଶଳ ରାଜ୍ୟର ରାଜଧାନୀ। କୋଶଳ ନରେଶ ରାଜା ଦଶରଥଙ୍କ ରାଜୁତ କାଳରେ ପ୍ରଜାମାନେ ଅତ୍ୟନ୍ତ ସୁଖରେ କାଳାତିପାତ କରୁଥିଲେ। ରାଜା ଦଶରଥଙ୍କ ତିନି ରାଣୀ ଥିଲେ କୌଶଲ୍ୟା, କୈକେୟୀ ଏବଂ ସୁମିତ୍ରା। ମାତ୍ର ବହୁ ଦିନ ଧରି ରାଜା ଅପୁତ୍ରୀକ ଥିଲେ। ତେଣୁ ଋଷି ବଶିଷ୍ଠଙ୍କ ପରାମର୍ଶ କ୍ରମେ ଋଶ୍ୟଶୃଙ୍ଗ ମୁନୀଙ୍କୁ ନିମନ୍ତ୍ରଣ କରି ତାଙ୍କରି ଦ୍ୱାରା ରାଜା ପୁତ୍ରଷ୍ଟି ଯଜ୍ଞର ଆୟୋଜନ କଲେ। ଯଜ୍ଞର ଫଳର ସ୍ୱରୁପ ପ୍ରଥମେ ରାଣୀ କୌଶଲ୍ୟାଙ୍କ ଗର୍ଭରୁ ରାମ, ରାଣୀ କୈକେୟୀଙ୍କ ଗର୍ଭରୁ ଭରତ ଏବଂ ସୁମିତ୍ରାଙ୍କ ଗର୍ଭରେ ଲକ୍ଷ୍ମଣ ଓ ଶତୃଘ୍ନ ଜନ୍ମ ନେଲେ। ପୁରାଣ କହେ, ରାକ୍ଷାସ ରୂପି ରାବଣ ଦେବଗଣଙ୍କୁ ଅତ୍ୟାଚାର କରୁଥିଲା ଏବଂ ରାବଣର ମୃତ୍ୟୁ ମାନବାତାର ରାମଙ୍କ ଦ୍ୱାରା ନିଶ୍ଚିତ ଥିଲା। ତେଣୁ ରାବଣ ବଦ୍ଧ ନିମନ୍ତେ ମର୍ତ୍ତ୍ୟରେ ମାନବ ଅବତାର ଧାରଣ କରିବାକୁ ଭଗବାନ ବି୍ଣୁ ଇଚ୍ଛା ପ୍ରକଟ କରନେତ୍ ତାଙ୍କରି ଅଂଶରୁ ଭଗବାନଙ୍କ ଗୁଣ ସମ୍ପନ୍ନ ଚାରିପୁଅ ଦଶରଥଙ୍କ କୋଳରେ ଜନ୍ମ ଗ୍ରହଣ କରିଥିଲେ। ସମୟ କ୍ରମେ ଚାରିପୁଅ ଶାସ୍ତ୍ର ବିଦ୍ୟା ଅଧ୍ୟୟନ ସହ ଶାସ୍ତ୍ର ବିଦ୍ୟାରେ ନିପୁଣତା ହାସଲ କଲେ। ରାମଙ୍କୁ ହୋଇଥାଏ ୧୬ ବର୍ଷ ବୟସ। ଋଷି ବିଶ୍ୱାମିତ୍ର ଦିନେ ରାଜା ଦଶରଥଙ୍କ ଦରବାରକୁ ଆସିଲେ। ବଣରେ ଯଜ୍ଞ ନଷ୍ଟ କରୁଥିବା ଅସୁର ଗଣଙ୍କୁ ନିପାତ କରିବା ପାଇଁ ସହାୟତା ସ୍ୱରୂପ ସେ ରାଜା ଦଶରଥଙ୍କୁ ପୁତ୍ର ରାମଙ୍କୁ ମାଗିଲେ। ଭ୍ରାତା ଲକ୍ଷ୍ମଣ ରାମଙ୍କୁ ଅନୁସରଣ କରିବାକୁ ଇଚ୍ଛା ପ୍ରକଟ କରନ୍ତେ ରାଜାଙ୍କ ସମ୍ମତି କ୍ରମେ ଋଷି ରାମ ଓ ଲକ୍ଷ୍ମଣଙ୍କୁ ଧରି ବରକୁ ଚାଲିଲେ। ସମୟ କ୍ରମେ ରାମ ଓ ଲକ୍ଷ୍ମଣ ଋଷି ମିଶ୍ୱାମିତ୍ରଙ୍କଠାରୁ ବହୁ ଶସ୍ତ୍ର ବିଦ୍ୟା ସହିତ ବିଭି୍ନ୍ନ ଦୈବୀ ଅସ୍ତ୍ର ମଧ୍ୟ ଲାଭ କଲେ ଓ ଋଷିଙ୍କ ହୋମରେ ବିଘ୍ନ ସୃଷ୍ଟି କରୁଥିବା ତାଡକା ଅସୁରୁଣୀ ସହିତ ଅନ୍ୟାନ୍ୟ ଅସୁରମାନଙ୍କୁ ବଦ୍ଧ କଲେ।

# ଗରିବରୁ ହେଲେ ଧନୀ

ଗରିବ ଚାଷୀ ପରିବାରରେ ଜନ୍ମ ହୋଇଥିଲା ତାଙ୍କର। ମାତ୍ର ନିଜର ଦୃଢଇଚ୍ଛା ଶକ୍ତି ଓ ପରିଶ୍ରମ ବଳରେ ସେ ଆଜି ପାଇଛନ୍ତି ସଫଳତା। କୌଣସି ଡିଗ୍ରୀ ନଥାଇ ମଧ୍ୟ ସେ ଆଜି ସଫଳ ଉଦେଷ୍ୟୋଗପତି। ପ୍ରତିଷ୍ଠା କରିଛନ୍ତି ଏୟାରଲାଇନ କମ୍ପାନୀ। ଯାହାଦ୍ୱାରା ତାଙ୍କ ଅଞ୍ଚଳରେ ଜମୁଛି ପର୍ଯ୍ୟଷ୍ୟଟକଙ୍କ ଭିଡ। ଏହି ଉଦେଷ୍ୟୋଗପତି ଜଣକ ହେଉଛନ୍ତି ବୁଦ୍ଧିପ୍ରକାଶ ଠାକୁର। ହିମାଚଳ ପ୍ରଦେଶ କୁଲୁ ଜିଲ୍ଲାର ଖାକନାଲ ଗ୍ରାମରେ ଏକ ଚାଷୀ ପରିବାରରେ ଜନ୍ମ ହୋଇଥିଲା ବୁଦ୍ଧି ପ୍ରକାଶଙ୍କର। ତାଙ୍କ ବାପା ନିଜ ଅଧିନରେ ଥିବା କିଛି ଜମି ଚାଷ କରି ପରିବାର ପ୍ରତିପୋଷଣ କରୁଥିଲେ। ନିଜେ ଅଶିକ୍ଷିତ ହେଲେ ମଧ୍ୟ ପିଲାମାନଙ୍କୁ ପାଠପଢାର ସୁଯୋଗ ଦେଇଥିଲେ ତାଙ୍କ ବାପା। ଯାହାଦ୍ୱାରା ବୁଦ୍ଧି ପ୍ରକାଶ ଓ ତାଙ୍କ ଦୁଇ ଭାଇ ଗ୍ରାମର ଏକ ସରକାରୀ ସ୍କୁଲରେ ପାଠପଢୁଥିଲେ। ପାଠପଢା ସହ ମଧ୍ୟ ବୁଦ୍ଧି ପ୍ରକାଶ ତାଙ୍କ ବାପାଙ୍କୁ ଚାଷ କାର୍ଯ୍ୟଷ୍ୟରେ ସାହାଯଷ୍ୟ କରୁଥିଲେ। ସ୍କୁଲ ଶେଷ କରିବା ପରେ ବୁଦ୍ଧି ଉଚ୍ଚ ଶିକ୍ଷା ପାଇଁ ଚାଲିଯାଇଥିଲେ ଚଣ୍ଡିଗଡ। ସେଠାରେ ଯୁକ୍ତ ଦୁଇ ଶେଷ କରିବା ପରେ ଚଣ୍ଡିଗଡ ବିଶ୍ୱବିଦଷ୍ୟାଳୟରେ ସ୍ନାତକରେ ନାମ ଲେଖାଇଥିଲେ। ନାମ ସିନା ଲେଖାଇଦେଲେ କିନ୍ତୁ ପଢା ଶେଷ କରିପାରିଲେ ନାହିଁ। ପରିବାରର ଆର୍ଥିକ ଅବସ୍ଥା ତାଙ୍କୁ ଆଗକୁ ପଢିବା ପାଇଁ ଦେଇନଥିଲା ଏବଂ ସେ ଫେରି ଆସିଥିଲେ ଗ୍ରାମକୁ। ବାପାଙ୍କ ସହ ମିଶି ଆରମ୍ଭ କଲେ ସେଓ ଚାଷ। ଯାହାକି ଧୀରେ ଧୀରେ କରି ବୃଦ୍ଧି ପାଇଥିଲା। ନିଜ ଅଞ୍ଚଳ ବଷ୍ୟତୀତ ଅନଷ୍ୟ ରାଜଷ୍ୟରେ ବିକ୍ରି କରିବା ଆରମ୍ଭ କରିଥିଲେ ସେମାନେ। ଯାହାଦ୍ୱାରା ପରିବାରର ଆର୍ଥିକ ଅବସ୍ଥାରେ କିଛିମାତ୍ରାରେ ସୁଧାର ଆସିଥିଲା। ମନାଲିଠାରୁ ମାତ୍ର ୯କିଲୋମିଟର ଦୂରରେ ଥିବା ତାଙ୍କ ଗ୍ରାମକୁ ଭ୍ରମଣ ଋତୁରେ ଅନେକ ସଂଖଷ୍ୟାରେ ପର୍ଯ୍ୟଷ୍ୟଟକଙ୍କ ଭିଡ ଲାଗିଥାଏ। ବର୍ଷକୁ ବର୍ଷ ପର୍ଯ୍ୟଷ୍ୟଟକଙ୍କ ବର୍ଦ୍ଧିତ ସଂଖଷ୍ୟାକୁ ଦୃଷ୍ଟିରେ ରଖି ବୁଦ୍ଧିପ୍ରକାଶ ଓ ତାଙ୍କ ବାପା ନିଜ ଗ୍ରାମରେ ଏକ ପାଞ୍ଚ ରୁମ ବିଶିଷ୍ଟ ଯାତ୍ରୀ ନିବାସ ନିର୍ମାଣ କରିଥିଲେ। ଏହାର ପ୍ରାୟ ୬ବର୍ଷ ପରେ ତାଙ୍କର ଏହି ଯାତ୍ରୀ ନିବାସ ସାର୍ଥକ ରିସୋର୍ଟରେ ପରିବର୍ତ୍ତିତ ହୋଇଥିଲା। ୫ଟି ରୁମ ବଦଳରେ ୬୫ଟି ରୁମ ରହିଲା। ରିସୋର୍ଟ ଭଲ ଚାଲିବା ସହ ତାଙ୍କ ପରିବାରର ଆର୍ଥିକ ଅବସ୍ଥାରେ ମଧ୍ୟ ବହୁ ସୁଧାର ଆସିଥିଲା। ଧୀରେ ଧୀରେ କରି ବୁଦ୍ଧିପ୍ରକାଶ ମନାଲି ର ପ୍ରତି ଅଞ୍ଚଳରେ ଜଣେ ସମ୍ମାନସ୍ପଦ ହୋଟେଲ ମାଲିକ ଭାବେ ପରିଚିତ ହୋଇଗଲେ। ବିଭିନ୍ନ ଟୁରିଜିମ କମ୍ପାନୀ ମାନଙ୍କ ସହ କାର୍ଯ୍ୟଷ୍ୟ କରିବାର କିଛିବର୍ଷ ପରେ ସେ ହିମାଳୟ ହଲିଡେଜ ନାମରେ ନିଜର ଏକ କମ୍ପାନୀ ଆରମ୍ଭ କରିଥିଲେ। ଏହି କମ୍ପାନୀ ପର୍ଯ୍ୟଷ୍ୟଟକ ମାନଙ୍କୁ ସେମାନଙ୍କୁ ଇଚ୍ଛା ଓ ବଜେଟ ଅନୁଯାୟୀ ସ୍ଥାନକୁ ବୁଲାଇନେଲା। ମାତ୍ର ଏତିକିରେ ତାଙ୍କ ମନଭରି ନଥିଲା। ସେ ଚାହୁଁଥିଲେ କି ଅଧିକରୁ ଅଧିକ ପର୍ଯ୍ୟଷ୍ୟଟକ ମନାଲି ଆସିବା ସହ ତାଙ୍କ ଗ୍ରାମକୁ ମଧ୍ୟ ଆସନ୍ତୁ। କିନ୍ତୁ ଏଥିରେ ବାଧା ସାଜୁଥିଲା ଗମନାଗମନ। ମନାଲିକୁ ସିଧାସଳଖ ଟ୍ରେନ କିମ୍ବା ବିମାନ ଯାଉନଥିଲା ଏବଂ ବସରେ ଯିବା ପର୍ଯ୍ୟଷ୍ୟଟକଙ୍କ ପାଇଁ ବିପଦଜ୍ଜନକ ହେଉଥିଲା। ଏହି ଅସୁବିଧା ସବୁକୁ ଦୂର କରିବା ପାଇଁ ବୁଦ୍ଧିପ୍ରକାଶ ହିମାଳୟ ହଲିଡେଜ କମ୍ପାନୀ ଅଧିନରେ ଆରମ୍ଭ କଲେ ଏୟାର ହିମାଳୟ ନାମରେ କମ୍ପାନୀ। ନିଜ ସଞ୍ଚିତ ଅର୍ଥ ଓ ବଷ୍ୟାଙ୍କରୁ ଋଣ କରି ନିଜ ଅଞ୍ଚଳରେ ପ୍ରତିଷ୍ଠା କଲେ ଏହି ପ୍ରଥମ ଘରୋଇ ବିମାନ ଚଳାଚଳ କମ୍ପାନୀ। ୨୦୧୪ ଅପ୍ରେଲରେ ଅନଷ୍ୟ ଏକ କମ୍ପାନୀ ଠାରୁ ୯ଟି ସିଟ ଥିବା ଏକ ବିମାନ ଭଡାରେ ଆଣି ଚଣ୍ଡିଗଡ ଠାରୁ କୁଲୁ ରୁଟରେ ଚଳାଇଥିଲେ। ପର୍ଯ୍ୟଷ୍ୟଟକଙ୍କ ଭିଡକୁ ଲକ୍ଷଷ୍ୟ କରି ବିମାନକୁ ଦିନରେ ଦୁଇରୁ ତିନି ଥର ଚଳାଯାଇଥିଲା। କିନ୍ତୁ ୨୦୧୫ ବୁଦ୍ଧିପ୍ରକାଶଙ୍କ ପାଇଁ ଖରାପ ସମୟ ଆଣିଥିଲା। କମ୍ପାନୀ ପ୍ରତିଷ୍ଠା ସମୟର ଜଣେ ସହଯୋଗୀ ହାତ ଛାଡି ଦେଇଥିବାରୁ ଏକାକୀ ବୁଦ୍ଧିଙ୍କୁ ସମସ୍ତ କାର୍ଯ୍ୟଷ୍ୟ ସମ୍ଭାଳିବାକୁ ପଡିଥିଲା। ଆର୍ଥିକ ସଙ୍କଟ ଯୋଗୁଁ ବଷ୍ୟବସାୟରେ ମାନ୍ଦାବସ୍ଥା ଆସିଥିଲା। ତଥାପି ମଧ୍ୟ ବୁଦ୍ଧି ହାର ମାନିନଥିଲେ। ତାଙ୍କର ନିଷ୍ଠା ଆଜି ବି ଏୟାର ହିମାଳୟକୁ ଭାଙ୍ଗିବାକୁ ଦେଇନାହିଁ। ବୁଦ୍ଧିପ୍ରକାଶଙ୍କ କହିବାନୁଯାୟୀ, ରାସ୍ତା କଠିନ ହୋଇଥିଲେ ମଧ୍ୟ ମୁଁ ମୋ ସ୍ୱପ୍ନ ପୂରଣ କରିବାରୁ ବିଚୁଷ୍ୟତି ହେବି ନାହିଁ।



# ବିହାରରେ ହେବ ବିଶ୍ୱର ସବୁଠାରୁ ବଡ଼ ମନ୍ଦିର



ପାଟନା ଖୁବଶୀଘ୍ର ବିହାରରେ ତିଆରି ହେବାକୁ ଯାଉଛି ବିଶ୍ୱର ସବୁଠାରୁ ବଡ଼ ମନ୍ଦିର। ଏଥିପାଇଁ ସମସ୍ତ ପ୍ରସ୍ତୁତି ଚୂଡାନ୍ତ ପର୍ଯ୍ୟଷ୍ୟାୟରେ ପହଞ୍ଚି ସାରିଛି। ପୂର୍ବରୁ ଏହି ମନ୍ଦିର ତିଆରି ପାଇଁ ତାରିଖ ଧାର୍ଯ୍ୟଷ୍ୟ ହୋଇଥିଲା ବେଳେ କାମ୍ବୋଡିଆ ସରକାରଙ୍କ ବିରୋଧ କାରଣରୁ ମନ୍ଦିରର ଢାଞ୍ଚାରେ ପରିବର୍ତ୍ତନ କରାଯାଉଛି। ପାଟନାସ୍ଥିତ ମହାବୀର ମନ୍ଦିର ଟ୍ରଷ୍ଟର କିଶୋର କୁଣାଳ କହିଛନ୍ତି ଯେ ଆମେ ଏଠାରେ ଏକ ବିରାଟ ରାମାୟଣ ମନ୍ଦିର ନିର୍ମାଣର ନିଷ୍ପତ୍ତି ନେଇଛୁ। ତେବେ କାମ୍ବୋଡିଆ ସରକାର ଅଭିଯୋଗ ଆଣିଥିଲେ ଯେ ପ୍ରସ୍ତାବିତ ମନ୍ଦିରର ଢାଞ୍ଚା ତାଙ୍କ ଦେଶରେ ଥିବା ଅଙ୍ଗକୋର ବାଟ ମନ୍ଦିରର ଢାଞ୍ଚା ସହ ଦିଶୁଛି। ସେଥିପାଇଁ ଆମେ ଏବେ ମନ୍ଦିରର ଢାଞ୍ଚାରେ ପରିବର୍ତ୍ତନ କରିସାରିଛୁ। ଆସନ୍ତା ହୋଲି ପର୍ବ ପରେ ମନ୍ଦିର ନିର୍ମାଣ କାର୍ଯ୍ୟଷ୍ୟ ଆରମ୍ଭ ହେବ। ପ୍ରସ୍ତାବିତ ମନ୍ଦିରଟି ପଶ୍ଚିମ ଚମ୍ପାରଣଷ୍ୟ ଜିଲାର କେସରିଆ ନିକଟ ଜାନକି ନଗରର ୧୬୫ଏକର ସ୍ଥାନରେ ତିଆରି ହେବ। ପ୍ରଥମ ପର୍ଯ୍ୟଷ୍ୟାୟରେ ରାମାୟଣ ମନ୍ଦିର, ଶିବ ମନ୍ଦିର ଏବଂ ମହାବୀର ମନ୍ଦିରର ନିର୍ମାଣ ହେବାକୁ ଥିବା ବେଳେ ଏବାବଦରେ ୨୦୦କୋଟି ଟଙ୍କା ଖର୍ଚ୍ଚ କରାଯିବ। ମନ୍ଦିରର ମୁଖଷ୍ୟ ଆକର୍ଷଣ ହେଉଛି ଏହାର ୪୦୫ଫୁଟ ଉଚ୍ଚ ଅଷ୍ଟଭୂଜିୟ ମିନାର। ଏହା କାମ୍ବୋଡିଆର ମନ୍ଦିରର ମିନାର ଠାରୁ ୨୧୫ଫୁଟ ଅଧିକ ଉଚ୍ଚ ହେବ। ଏଥିସହ ମନ୍ଦିର ପରିସରରେ ୪୪ଫୁଟ ଉଚ୍ଚ ଏବଂ ୩୩ଫୁଟ ଗୋଲେଇ ବିଶିଷ୍ଟ ଏକ ଶିବ ଲିଙ୍ଗ ମଧ୍ୟ ପ୍ରତିଷ୍ଠା କରାଯିବାର ଯୋଜନା ରହିଛି। ଯାହା ବିଶ୍ୱର ସବୁଠାରୁ ବଡ଼ ଶିବ ଲିଙ୍ଗ ହେବ।

# ଶ୍ରୀରାମ ଚନ୍ଦ୍ର ଭଞ୍ଜଦେଓ



ଓଡିଶା ମୟୂରଭଂଜ ଜିଲ୍ଲାର ବାରିପଦା ଠାରେ ଜନ୍ମିତ ଜଣେ ସୁଶାସକ ଓ ଭାଷା ଆନ୍ଦୋଳନର ପୁରୋଧା ଥିଲା। ସେ ରାଜ୍ୟର ମଙ୍ଗଳ ତଥା ପ୍ରଜାଙ୍କ ହିତ ପାଇଁ ସର୍ବଦା ଚେଷ୍ଟିତ୍ ଥିଲେ। ଶ୍ରୀରାମଚନ୍ଦ୍ର ଜଣେ ସରଳ ଓ ଅମାୟିକ ବ୍ୟକ୍ତି ଭାବେ ପରିଚିତ ଥିଲେ। ଛାତ୍ର ବୟସରେ ସହପାଠୀଙ୍କ ସହିତ ସରଳ ଭାବରେ ମିଶୁଥିଲେ। ପାଠ ପଢୁଥିବା ସମୟରେ ସେ ଅନେକ ସ୍ଥାନ ବୁଲି ଯାଇଥିଲେ। ମାତ୍ର ରାଜବେଶ ବା ରାଜ ଢ଼ଙ୍ଗଢ଼ାଙ୍ଗରେ ସେ ଯିବାକୁ ଇଚ୍ଛା କରୁନଥିଲେ। ତାଙ୍କର ଏହି ସରଳ ପ୍ରକୃତି ଯୋଗୁଁ ସେ ସବୁଠାରେ ସମସ୍ତଙ୍କର ଅତି ପ୍ରିୟପାତ୍ର ହୋଇଥିଲେ। ପ୍ରଜା ପାଳନ ରାଜାର ଧର୍ମ ଏ କଥା ଶ୍ରୀରାମଚନ୍ଦ୍ରଙ୍କୁ ଭଲ ଭାବେ ଜଣାଥିଲା। ରାଜଦଣ୍ଡ ଧରିବା ପରେ ଶ୍ରୀରାମଚନ୍ଦ୍ର ରାଜନୀତି ଓ ଦର୍ଶନଶାସ୍ତ୍ରକୁ ଭଲକରି ପଢ଼ିବାରେ ଲାଗିଲେ। ନିଜ ରାଜ୍ୟକୁ ଏକ ଆଦର୍ଶ ରାଜ୍ୟ କରି ଗଢ଼ିବା ପାଇଁ ସେ ବରାବର ଚେଷ୍ଟା କରୁଥିଲେ। ଗୁଣି ଓ ଉଦାର ଲୋକଙ୍କୁ ପାଖରେ ରଖି ସୁଚାରୁ ରୂପେ ରାଜ୍ୟ କରି ଗଢ଼ିବା ପାଇଁ ସେ ବରାବର ଚେଷ୍ଟା କରୁଥିଲେ। ଗୁଣି ଓ ଉଦାର ଲୋକଙ୍କୁ ପାଖରେ ରଖି ସୁଚାରୁ ରୂପେ ରାଜ୍ୟ ଶାସନ କରୁଥିଲେ। ଏହି ସମୟରେ ଉତ୍କଳମଣି ଗୋପବନ୍ଧୁ ଦାସଙ୍କ କାର୍ଯ୍ୟଶୈଳୀ ସମଗ୍ର ରାଜ୍ୟରେ ଗୁଞ୍ଜରିତ ହେଉଥିଲା। ତାଙ୍କ ଗୁଣରେ ମୁଗ୍ଧ ହୋଇ ଶ୍ରୀରାମଚନ୍ଦ୍ର ତାଙ୍କୁ ରାଜ୍ୟ ସରକାରଙ୍କ ଓକିଲ ପଦରେ ନିଯୁକ୍ତି କରିଥିଲେ। ପଣ୍ଡିତ ଗୋପବନ୍ଧୁ ସେତେବେଳେ ସକଳ କାର୍ଯ୍ୟରେ ତାଙ୍କର ପରମ ସଖା ରୂପେ ପରାମର୍ଶଦାତାଥିଲେ। ଶ୍ରୀରାମଚନ୍ଦ୍ର ଓ ଗୋପବନ୍ଧୁ ମଧ୍ୟରେ ଏପରି ଘନିଷ୍ଠ ବନ୍ଧୁତା ଥିଲା ଯେ, କୌଣସି କାର୍ଯ୍ୟ କଲାବେଳେ ଶ୍ରୀରାମଚନ୍ଦ୍ର, ଗୋପବନ୍ଧୁଙ୍କ ପରାମର୍ଶ ନେଉଥିଲେ।

# ରେଷ୍ଟୁରାଣ୍ଟରେ ଦିଆଯାଉଥିଲା କୁକୁର ମାଂସ



ହାଇଦ୍ରାବାଦ ଖାସି ମାଂସ ନାମରେ କୁକୁର ମାଂସ ବିକ୍ରି କରୁଥିବା ଅଭିଯୋଗରେ ଏକ ରେଷ୍ଟୁରାଣ୍ଟ ଉପରେ ନିକଟରେ ଗ୍ରେଟର ହାଇଦ୍ରାବଦ ମୁଷ୍ୟନିସିପାଲ କର୍ପୋରେସନର ଅଧିକାରୀମାନେ ଚଢାଉ କରିଥିଲେ। ଏହି ରେଷ୍ଟୁରାଣ୍ଟର ମାଂସକୁ ଜବତ କରାଯାଇ ପରୀକ୍ଷା ନିମନ୍ତେ ଗବେଷଣାଗାରକୁ ପଠାଇଛନ୍ତି। ପୂର୍ବରୁ ଏଠାରେ କୁକୁର ମାଂସ ବିକ୍ରି ହେଉଥିବା ଅଭିଯୋଗ ଆସିଥିଲା ବେଳେ ସୋସିଆଲ ମିଡିଆରେ ମଧ୍ୟ ଏହି ଫଟୋ ଭାଇରାଲ ହୋଇଛି। ପୂର୍ବରୁ ମ୍ୟୁନିସିପାଲ କର୍ପୋରେସନ ପକ୍ଷରୁ ଏହି ରେଷ୍ଟୁରାଣ୍ଟକୁ ନୋଟିସ ପଠାଯାଇଥିଲା ବେଳେ ଏହାର ମାଲିକ ଇରଫାନ କହିଛନ୍ତି ଯେ ଆମେ କେବେ ବି କୁକୁର ମାଂସ ବିକ୍ରି କରିନାହୁଁ। ଆମ ରେଷ୍ଟୁରାଣ୍ଟର ଭାବମୂର୍ତ୍ତୀକୁ ଖରାପ କରିବା ପାଇଁ କିଛି ବିରୋଧି ଏଭଳି ଚକ୍ରାନ୍ତ କରିଛନ୍ତି।

# ପ୍ରଦୂଷଣ ବିହୀନ କାର୍

ଗାଡ଼ିମଟରର ବ୍ୟବହାର ପ୍ରଦୂଷଣ ବଢ଼ାଇଥାଏ । କିନ୍ତୁ ଏହି ଫଟୋ ଦେଖି ଆପଣ ଅନୁମାନ ଲଗାଇପାରୁଥିବେ କାର୍ ନିର୍ମାତାମାନେ ପ୍ରଦୂଷଣ ରୋକିବା ପାଇଁ ଅନେକ ପରିଶ୍ରମ କରୁଛନ୍ତି । ଏହା ସ୍ମାର୍ଟ ଫୋରଟୁ କାର୍। ଏଥିରେ ପାଞ୍ଚ ବର୍ଗ ମିଟର କ୍ଷେତ୍ରରେ ଘାସ ଜମା ହୋଇଛି । ଯାହା ପ୍ରକୃତରେ ସତସତିକା ଘାସ ନୁହେଁ ଏହା ସିନ୍ଥେଟିକ ଘାସ। କାର ନିର୍ମାତାମାନେ ସେହି ସିନ୍ଥେଟିକ ଘାସର ବ୍ୟବହାର କରିଛନ୍ତି । ସ୍ମାର୍ଟ ଫୋରଟୁ କାର୍ ମୁବଲ ଲ୍ୟାବର ଗ୍ରୀନ୍ ସ୍କ୍ରିନ୍ ପ୍ରୋଜେକ୍ଟ ଅନ୍ତର୍ଗତ । ମୁବଲଙ୍କ କହିବା ଅନୁସାରେ ରାସ୍ତାରେ ଯେତେବେଳେ ଏହି ଧରଣର କାର୍ ଚଳିବ, ପ୍ରଦୂଷଣ କମ୍ ହେବ ଓ ପର୍ଯ୍ୟାବରଣର ପରିସ୍ଥିତି ସୁଧୁରିବ। ଏହି କାର୍କୁ ପ୍ରଥମେ ଜର୍ମାନଠାରେ ସ୍ଟଟଗାର୍ଟରେ ଆସନ୍ତା ବର୍ଷର ପ୍ରଥମ ମାସରେ ସଡ଼କ ଉପରକୁ ଅଣାଯିବ । କମ୍ପାନୀର କହିବାନୁସାରେ ଏହି କାର୍ ପ୍ରତିବର୍ଷ ୭କିଲୋଗ୍ରାମ କାର୍ବନ ଡାଇଅକ୍ସାଇଡ଼ ଗ୍ୟାସ୍ କମ୍ କରିଥାଏ । ଯାହା ଗୋଟିଏ ଗଛ ସେହି ସମୟରେ ୨.୬କାର୍ବନକୁ ସଫା କରିଥାଏ । ଏମିତି ଦେଖିବାକୁ ଗଲେ ଅଟୋ ସେକ୍ଟରର ଇଞ୍ଜିନିୟର ମାନେ ଏବେ ଗ୍ରୀନ୍ ସଲ୍ୟୁସନ୍କୁ ନେଇ ଅଧିକ ଜାଗ୍ରତ ଅଛନ୍ତି । ଆମେରିକୀୟ କମ୍ପାନୀ ଫୋର୍ଡ଼ ଗିକି ସହିତ ମିଶି ଏହି ଦିଗରେ କାମ କରୁଛି ।




# ବିନା ମାଟିରେ ଚାଷ



ପ୍ରସ୍ତୁତି- ଡ଼ି ଶୁଭମ୍
ସଂଯୋଜକ, କୃଷି ଦୁନିଆ

ଜନସଂସ୍କୃତି ଆଉ କୃଷି ପରସ୍ପରର ପରିପୂରକ। କୃଷି ଆଉ କୃଷକର ସାଥ ବିନା ଖାଦ୍ୟ ସାରା ଦୁନିଆ ପାଇଁ ଏକ ସ୍ୱପ୍ନ ପ୍ରାୟ। ମଣିଷ ଯଦି କାଲି ବଂଚିବା ପାଇଁ କିଛି ନୂଆ ସମ୍ଭାବନା ଦେଖେ ତାହେଲେ କୃଷି ବିନା ଏସବୁ ଦୂଃସ୍ୱପ୍ନ। ଦିନ ଥିଲା ଏ ସମାଜ ସବୁଜିମାର ବଳୟ ଭିତରେ ଆବଦ୍ଧ ହୋଇ ଥିଲା। ପରିବେଶ ସବୁଜର ଆବରଣରେ ବେଶ ଖୁସି ହୋଇ ହସୁଥିଲା। କୃଷିକୁ କଷ୍ଟ ନୁହେଁ ବରଂ ଏକ କର୍ମସିକ୍ତ ଭାବନାରେ ପ୍ରତିପାଦିତ କରାଯାଉଥିଲା। ଚାଷ ଜମି ଥିଲା ଚାଷୀର ସବୁକିଛି। ସଭ୍ୟତା ଓ ସଂସ୍କୃତିର ମାନଦଣ୍ଡ। ଦେଶ ଅର୍ଥନୀତିର ମାପକାଠି ରୂପେ କୃଷିକୁ ହିଁ ବିବେଚନା କରାଯାଉଥିଲା। କିନ୍ତୁ ସମୟ ଆସିଛି କୃଷି ପାଇଁ ଆଉ ସେପରି ମନରେ ଶ୍ରଦ୍ଧା ନାହିଁ। ଚାକିରୀର ନିଶାରେ ଏବେ ସମସ୍ତେ ମତୁଆଲା। କାଦୁଅ ବିଲରେ ଗୋଡ଼ ପଶେଇବାକୁ ଆଉ କେହି ବି ଇଚ୍ଛା କରୁନାହାନ୍ତି। ଟଙ୍କା ସର୍ବସ୍ୱ ଏ ଦୁନିଆରେ ସଭିଏଁ ନିଜ କର୍ମରେ ବ୍ୟସ୍ତ। ସେଇଥିପାଇଁ ତ ଆଜି ଚାଷ ଜମି ସବୁ ପଡ଼ିଆ ହୋଇ ପଡୁଛି, ସବୁଜିମା ନାହିଁ ବରଂ କଳକାରଖାନାର ଦୂଷିତ ଆବରଣରେ ବନ୍ଧା ହୋଇପଡ଼ିଛି। ପରିବେଶ ସନ୍ତୁଳନ ଠିକ ଭାବେ ରହୁନାହିଁ। ଆଉ ଯେତିକି ବି ଚାଷ ଜମି ରହିଲା ସେସବୁ ରାସାୟନିକ ବିଷ ସାରରେ ଭରପୂର। ପରୋକ୍ଷରେ ସବୁଜ ବିଷକୁ ଗ୍ରହଣ କରୁଛନ୍ତି ମାନବ ସମାଜ। ଆଜିର ଯୁବଗୋଷ୍ଠୀ ଚାଷ ପାଇଁ ବିମୁଖ। କ୍ଷେତକାମ ପାଇଁ ଆଉ ଆଗପରି ଆଗ୍ରହ ସୃଷ୍ଟି ହେଉନାହିଁ। କିନ୍ତୁ ଆଜି ବି ଚାଷ ଜମିରେ ନୂଆ ପଦ୍ଧତିରେ ଚାଷ କରି ଲକ୍ଷଲକ୍ଷ ଟଙ୍କା କମେଇହେଉଛି। କେବଳ ଟଙ୍କା ନୁହେଁ ବରଂ ପରିବେଶ ସୁସ୍ଥ ରହିବା ସହ ମନ ବିପ୍ରଫୁଲ୍ଲ ରହେ। ସେମିତି ଆଜି ହାଇଡ୍ରୋପନିକ୍ସ ଏବେ ଆତ୍ମନିର୍ଭରଶୀଳତାର ନୂଆ ଏକ ଅଧ୍ୟାୟ।

*ତଥ୍ୟ ସହାୟତା-ବିଶ୍ୱଜିତ ମଲ୍ଲିକ*



## ହାଇଡ୍ରୋପନିକ୍ସ କ'ଣ ?

ସାଧାରଣତଃ ଆମେ ଜାଣୁ କି ଗଛ ମାଟି ଭିତରେ ହିଁ ବଢ଼ିଥାଏ। ମାଟିର ଥିବା ଖଣିଜଲବଣ ଓ ପୋଷକତତ୍ତ୍ୱକୁ ନେଇ ଗଛ ବଂଶବିସ୍ତାର କରେ। କିନ୍ତୁ ଯଦି ଜଣକୁ କୁହାଯାଏ ଯେ ବିନା ମାଟିରେ ବି ଗଛ ବଢ଼ିପାରିବ, ତେବେ ଏହା ହୁଏତ ନୂଆ ଲାଗୁଥାଇପାରେ। କିନ୍ତୁ ଆଜିର ବିଜ୍ଞାନ ଯୁଗରେ



କୃଷିବିଜ୍ଞାନରେ ଏହା କିଛି ଅସମ୍ଭବ ନୁହେଁ। ବିନା ମାଟିରେ ଗଛ ବଢ଼ିପାରିବାର କୌଶଳକୁ ହାଇଡ୍ରୋଫନିକ୍ସ କୁହାଯାଏ। ମାଟିର ଅନୁପସ୍ଥିତିରେ ଜଳକୁ ମାଧ୍ୟମ କରି ପାଣି ଭିତରେ ପୋଷକତତ୍ତ୍ୱର ଉପାଦାନକୁ ସଂଗୃହୀତ କରି ଗଛକୁ ବଢ଼ାଯାଇପାରେ। ପାଣି ଭିତରେ ଗଛର ଚେର ଖୁବ ସହଜରେ ବଢ଼ିପାରେ। କାରଣ ଗଛ ଆବଶ୍ୟକ କରୁଥିବା ଉପାଦାନ ସବୁ ଏହି ପୋଷକଯୁକ୍ତ ପାଣିରେ ଥାଏ। ମୋଟ ଉପରେ କହିବାକୁ ଗଲେ ମୃତ୍ତିକାର ବିନା ସାହାଯ୍ୟରେ ପାଣିରେ ସମସ୍ତ ଆବଶ୍ୟକୀୟ ପୋଷକ ପଦାର୍ଥ ମିଶାଇ ଯେ କୌଣସି ଗଛ ବଢାଇବାକୁ ହାଇଡ୍ରୋପୋନିକ୍ସ କୁହାଯାଏ। ଏହି ପଦ୍ଧତିକୁ ଆମେ କୃଷିକ୍ଷେତ୍ରରେ ଉପଯୋଗ କରି ଫସଲ ଅମଳ କରିପାରିବା। ସାଧାରଣତଃ ଗଛ ବଢିବା ପାଇଁ ବିଭିନ୍ନ ପୋଷକ ପଦାର୍ଥ ମାଟିରୁ ଗ୍ରହଣ କରିଥାଏ ଠିକ୍ ସେହିପରି ହାଇଡ୍ରୋପୋନିକ୍ସ ରେ ଗଛ ପାଣିରୁ ସମସ୍ତ ଆବଶ୍ୟକୀୟ ଖାଦ୍ୟ ଗ୍ରହଣ କରିଥାଏ। ଗଛର ସମ୍ପୂର୍ଣ୍ଣ ଜୀବନକାଳ କେବଳ ପାଣିରେ ହିଁ ରହିଥାଏ। ବିଭିନ୍ନ ପ୍ରକାର ପନିପରିବା ଯଥା - ଟମାଟୋ, ପାଳଙ୍ଗ, କାକୁଡ଼ି ପ୍ରଭୃତି ସହଜରେ ଉତ୍ପାଦନ କରାଯାଇପାରେ। ଏହା ଏକ ସରଳ ପ୍ରକ୍ରିୟା ଅଟେ। ମଂଜି କିମ୍ବା ଚାରା ଗୁଡିକୁ ଏକ ପାତ୍ରରେ ରଖାଯାଇ ଏଥିରେ ତୁଳା, କାଠଗୁଣ୍ଡ, ନଡିଆ କତା, ଭରମିକୁଲାଇଟ୍ କିମ୍ବା ପରଲାଇଟ୍ ଭଳି ଯେ କୌଣସି ପଦାର୍ଥ ରଖାଯାଇଥାଏ ଯାହାକି ଗଛ ଗୁଡିକୁ ସିଧା ରଖିବାରେ ସାହାଯ୍ୟ କରିଥାଏ। ଏହି ପାତ୍ରକୁ ପୋଷକ ପଦାର୍ଥ ମିଶିଥିବା ପାଣି ରେ ରଖାଯାଏ। ଚାରା ବଡହେବା ସହ ଚେର ଗୁଡିକ ପାଣିରେ ବୁଡି ରହିଥାଏ। ଗଛର ଚେର ସେଥିମଧ୍ୟରୁ ପୋଷକ ପଦାର୍ଥ ଗ୍ରହଣ କରିଥାଏ ଏବଂ ଗଛକୁ ବଢିବାରେ ସାହାଯ୍ୟ କରିଥାଏ। ସମସ୍ତ ଗଛ ର ଚେର ଗୁଡିକୁ ସଠିକ ମାତ୍ରାରେ ଖାଦ୍ୟ ମିଳିବା ନିମନ୍ତେ ଜଳକୁ ଚକ୍ରୀୟ ପ୍ରକ୍ରିୟାରେ ଅନବରତ ପ୍ରବାହିତ କରାଯାଇଥାଏ। ଯାହା ଦ୍ୱାରା ଚେର ଉପଯୁକ୍ତ ଅମ୍ଳଜାନ ଏବଂ ଖାଦ୍ୟସାର ପାଇଥାଏ। ଏହି ଉପାୟରେ କୈଣସି ପ୍ରତିବନ୍ଧକ ନ ଥିବାରୁ ଗଛଗୁଡିକ ମାଟି ଅପେକ୍ଷା ଖୁବ ଭଲ ଏବଂ ଶୀଘ୍ର ବଢିଥାନ୍ତି। ଉପଯୁକ୍ତ ପରିବେଶ ରେ ବର୍ଷର ସବୁ ସମୟରେ ଫସଲ ଉତ୍ପଦନ ସମ୍ଭବ ହୋଇଥାଏ। ହାଇଡ୍ରୋପୋନିକ୍ସ ଦ୍ୱାରା ଶୀତଦିନିଆ ପନିପରିବା ବର୍ଷର ଯେ କୌଣସି ସମୟରେ ଚାଷ



କରାଯାଇଥାଏ। ମୂଖ୍ୟତଃ କୌଣସି ରସାୟନିକ ସାର କିମ୍ବା ଔଷଧର ବ୍ୟବହାର ହେଉନଥିବାରୁ ଏହା ସମ୍ପୂର୍ଣ୍ଣ ରୁପେ ଜୈବିକ ହୋଇଥାଏ। ହାଇଡ୍ରୋପୋନିକ୍ସ ଉପାୟରେ ମୃତ୍ତିକାର ଆବଶ୍ୟକତା ନଥିବାରୁ ଖୁବ୍ କମ ସ୍ଥାନରେ ଉପରକୁ ଉପର ଲମ୍ବ ଭାବେ ସୋପାନ କରି ଚାଷ କରାଯାଇପାରିବ। ଏହା ଦ୍ୱାରା କମ ସ୍ଥାନରୁ ଅଧିକ ଅମଳ ମିଳିପାରିବ। ସାଧାରଣ ଲୋକଟିଏ ମଧ୍ୟ ନିଜ ଘରେ କିମ୍ବା ଛାତ ଉପରେ ଚାଷକରି ପରିବାରର ଅବଶ୍ୟକତା ପୂରଣ କରିପାରିବ।

ସାଧାରଣତଃ ହାଇଡ୍ରୋପନିକ୍ସ ରିଜର୍ଭୟାର ଗୁଡ଼ିକ ପ୍ଲାଷ୍ଟିକରେ ତିଆରି ହୋଇଥାଏ କିନ୍ତୁ ଏହା ବ୍ୟତୀତ ଅନ୍ୟ ଉପାଦାନରେ ମଧ୍ୟ ଏହା ଗଠିତ ହୋଇଥାଏ। ଯଥା - କଂକ୍ରିଟ, କାଚ, କାଠ ଇତ୍ୟାଦି.. ହାଇଡ୍ରୋପନିକ୍ସରେ ୯୫ଶତକଡ଼ାରୁ କମ ପାଣି ବ୍ୟବହାର କରାଯାଇଥାଏ। ହାଇଡ୍ରୋପନିକ୍ସରେ ଗଛଟିଏ ଉପଯୁକ୍ତ ପୋଷକତତ୍ତ୍ୱ ପାଇ ବଂଶବିସ୍ତାର କରିଥାଏ। ଛୋଟ ଚେରଥିବା ଗଛ ଖୁବ ଶୀଘ୍ର ବଢ଼ିପାରିଥାଏ। ଏହା ପରିବେଶ ପ୍ରଦୂଷଣକୁ ରୋକିବା ସହ ଏକ ସୁସ୍ଥ ଆଉ ସୁନ୍ଦର ପରିବେଶ ସୃଷ୍ଟି କରିଥାଏ।

**କ'ଣ ପାଇଁ ହାଇଡ୍ରୋପନିକ୍ସ**

- ମୁଖ୍ୟ ଉପକାରିତା ମଧ୍ୟରେ ହାଇଡ୍ରୋପୋନିକ୍ସ ଦ୍ୱାରା ବର୍ଷର ଯେ କୌଣସି ସମୟରେ ମଧ୍ୟ ଫସଲ ଚାଷ ଏବଂ ଅମଳ କରାଯାଇ ଖାଦ୍ୟ ସମସ୍ୟାକୁ ଦୂର କରାଯାଇପାରିବ।
- ଏହି ଉପାୟରେ ୯୦ ପ୍ରତିଶତ ଜଳ ସଂରକ୍ଷଣ କରାଯାଇପାରିବ।
- ସ୍ୱଳ୍ପ ସ୍ଥାନ ଏବଂ ଖୁବ କମସମୟରେ ଅଧିକ ଫସଲ ଅମଳ କରାଯାଇପାରିବ।
- ଏହା ଦ୍ୱାରା ଜୈବିକ ଫସଲ ଉତ୍ପାଦନ କରାଯାଇପାରିବ।
- ପରିବାର ର ପାକଶାଳା ପାଇଁ ଏହା ଏକ ବରଦାନ ସଦୃଶ ଯାହାକି ସମସ୍ତ ପନିପରିବାର ଚାହିଦା ପୁରଣ କରିପାରିବ।
- ହାଇଡ୍ରୋପୋନିକ୍ସରେ ବ୍ୟବହୃତ ପୋଷକ ପଦାର୍ଥ ର ମୂଲ୍ୟ ଜମିରେ ବ୍ୟବହୃତ କୀଟନାଶକ ଏବଂ ସାର ଅପେକ୍ଷା ବହୁତ କମ।
- କୌଣସି ଅନାବନା ଘାସ ଉଠୁନଥିବା ହେତୁ ଫସଲ ଭଲ ବଢିଥାଏ।
- ମୂଲ୍ୟବାନ ବୃକ୍ଷ ଫୁଲ ମଧ୍ୟ ଚାଷକରାଯାଇ ପାରିବ।

**ଅପକାରିତା**

- ଏଥିପାଇଁ ପ୍ରଥମତଃ ଏହାର ପରିଚାଳନା ନିମନ୍ତେ ପ୍ରଶିକ୍ଷିତ ବ୍ୟକ୍ତି ଆବଶ୍ୟକ।
- ଗଛ ଗୁଡିକର ଚେର ସମ୍ପୁର୍ଣ୍ଣ ରୁପେ ପାଣିରେ ବୁଡିରହୁଥିବା ହେତୁ ରୋଗ ସଂକ୍ରମଣର ଆଶଙ୍କା ଅଧିକ ଥାଏ।
- ଚେର ପାଣିରେ ଭାସୁଥିବା ହେତୁ ଫଳ ଧରିବା ସମୟରେ ଗଛ ଗୁଡିକ ଭାଙ୍ଗିଯିବାର ଆଶଙ୍କା ରହିଥାଏ।
- ଜଳରେ ଲବଣ ଅଂଶ ରହିଲେ ଗଛ ବୃଦ୍ଧିରେ ଅସୁବିଧା ହୋଇଥାଏ।
- ଏହା ଲାଭଦାୟୀ ପଦ୍ଧତି ହେଲେମଧ୍ୟ ପ୍ରଥମିକ ଖର୍ଚ୍ଚ ବହୁତ ଅଧିକ ହୋଇଥାଏ।
- ସାଧାରଣତଃ ଲୋକମାନେ ସ୍ୱଳ୍ପ ଆୟ ହାଇଥିବାରୁ ଏଥିପ୍ରତି ଧ୍ୟାନ ଦେଉନାହାନ୍ତି।

# ଚାଷ ଓ ଚାଷୀର କଥା...



ଆମ ଓଡ଼ିଶା ଗୋଟିଏ କୃଷି ପ୍ରଧାନ ରାଜ୍ୟ । ଏହାର ଅଧିକାଂଶ କୃଷି ଭୂମି ଗାଁ ଗହଳରେ ଅବସ୍ଥିତ । ଏହାର ଅଧିକାଂଶ କୃଷିଜିବି, ସେମାନେ କୃଷିକାର୍ଯ୍ୟ ଓ ମୂଲମଜୁରୀ ଲାଗି ସେମାନଙ୍କର ପରିବାର ପ୍ରତିପୋଷଣ କରନ୍ତି । ଓଡ଼ିଶାରେ ଅଧିକାଂଶ କୃଷକ ମାନଙ୍କର ନିଜର ଚାଷଜମି ନଥାଏ । ଏଣୁ ସେମାନେ ଭାଗଚାଷ କରନ୍ତି । ସାଧାରଣତଃ ଗାଁକହଳିରେ କୃଷକମାନଙ୍କ ପାଖରେ ଭଲ ଉତ୍ପାଦନ କରିବାର ଜ୍ଞାନ କୌଶଳ ଏବଂ ସୂଚନା ନଥାଏ । ସେମାନେ ପାରମ୍ପାରିକ ଭାବରେ କୃଷିକାର୍ଯ୍ୟ କରିଥାନ୍ତି । ପ୍ରାକୃତିକ ବିପର୍ଯ୍ୟୟ ହେତୁ ବହୁତ ଫସଲ କ୍ଷତି ଏବଂ ବ୍ୟାଘାତ ହୋଇଥାଏ ଓ କମ୍ ଉତ୍ପାଦନ ହୋଇଥାଏ । ଏଥି ଯୋଗୁଁ ସରକାର ମଧ୍ୟ ଆର୍ଥିକ ସହାୟତା ଦେଇଥାନ୍ତି । କିନ୍ତୁ ତାହା ଜମି ମାଲିକ ନିକଟକୁ ଚାଲିଯାଇଥାଏ ଏବଂ କୃଷକ ଏଥିରୁ କିଛି ପାଇ ନଥାଏ । ଏଥିଯୋଗୁଁ କେତେକ କୃଷକ ଭାଗଚାଷ କରିବାକୁ ମନା କରିଥାନ୍ତି । କୃଷିକାର୍ଯ୍ୟ ଛାଡ଼ି ସହରାଭିମୁଖୀ ହୋଇଥାନ୍ତି । ଆଉ ମଧ୍ୟ ଓଡ଼ିଶା ସରକାରଙ୍କ ଦ୍ୱାରା ୧ ଟଙ୍କାରେ ୧୦ କେଜି ଚାଉଳ ପ୍ରଦାନ କରାଯାଉଥିବାରୁ ଦୈନିକ ଖାଇବା ଚଳିଯାଏ । ତେଣୁ କୃଷକ ମନରେ ଚାଷ କରିବା ପାଇଁ ଆଗ୍ରହ କମିଯାଏ ।

ଅନ୍ୟ ପକ୍ଷରେ କୃଷକମାନେ ଚାଷ କାର୍ଯ୍ୟରେ ଜୈବିକ ଖତ, ଜୈବିକ ସାର ଏବଂ ଜୈବିକ କୀଟନାଶକ ପ୍ରୟୋଗ କରନ୍ତି ନାହିଁ । ଅଧିକ ଅମଳ ପାଇଁ ରାସାୟନିକ ସାର ଔଷଧ ପ୍ରୟୋଗ କରିଥାଆନ୍ତି । ଯାହା ଉପରେ ସେମାନଙ୍କର କୌଣସି ଜ୍ଞାନ ନଥାଏ । ଏହାଦ୍ୱାରା ଅଧିକ ଅମଳ ହୋଇଥାଏ । କିନ୍ତୁ ବହୁତ ପରିମାଣରେ ମୃତ୍ତିକା ଏହାର ଉତ୍ପାଦନର କ୍ଷମତା ହରାଇ ଥାଏ ଏବଂ ପରିବେଶ ପ୍ରଦୂଷଣ ହୋଇଥାଏ । ଆଗାମୀ ବର୍ଷ ମାନଙ୍କର ଅମଳର ପରିମାଣ ହ୍ରାସ ପାଇଥାଏ । ଏଥିଯୋଗୁଁ ଭାଗଚାଷିମାନେ ଭାଗଚାଷ ଛାଡ଼ି ଦେଇଥାନ୍ତି । ଏଣୁ ଜମି ମାଲିକକୁ କ୍ଷତି ସହିବାକୁ ପଡ଼େ ଓ ଜମିର ରକ୍ଷଣାବେକ୍ଷଣା ଅଭାବରୁ ଜମି ନଷ୍ଟ ହୋଇଯାଏ ।

ଆମେ ଜାଣିଛେ କୃଷକମାନେ ସାଧାରଣତଃ ପରିବେଶ ଉପରେ ନିର୍ଭର କରିଥାନ୍ତି । କିନ୍ତୁ ଏହା ସ୍ଥିର ନୁହେଁ ମାତ୍ର ଦିନକୁ ଦିନ ପରିବର୍ତ୍ତନ ହୋଇଥାଏ । ଏଣୁ ଆମେ ଏହାକୁ ରୋକିପାରିବା ନାହିଁ । ତେଣୁ କେତେକ କୃଷକ ମତରେ କୃଷିକାର୍ଯ୍ୟ ହେଉଛି ଭାଗ୍ୟ ଓ କଠିନ ପରିଶ୍ରମ ଉପରେ ନିର୍ଭରଶୀଳ । ଏଣୁ କୃଷିକାର୍ଯ୍ୟରେ ବାରମ୍ବାର କ୍ଷତି ହେବାରୁ କୃଷକମାନେ ଆତ୍ମହତ୍ୟା କରିଥାନ୍ତି ଏହି ସବୁ ସମସ୍ୟା ଗୁଡ଼ିକରୁ ଦୂରେଇ ରହିବା ପାଇଁ କୃଷକମାନଙ୍କୁ କୃଷି ବିଜ୍ଞାନର ପ୍ରଶିକ୍ଷଣ କରିବା ନିତ୍ୟାନ୍ତ ଜରୁରୀ । ଯଦି ସେମାନେ ପ୍ରଶିକ୍ଷଣ ନେଇ ଉନ୍ନତ ଜ୍ଞାନ କୌଶଳ ପ୍ରୟୋଗ କରି କୃଷିକାର୍ଯ୍ୟ ସମ୍ପାଦନ କରନ୍ତେ ଉତ୍ପାଦନ ବୃଦ୍ଧି ପାଇବ ।

ଆଧୁନିକ ପୃଥିବୀରେ ଗୋଟିଏ ଆଶ୍ଚର୍ଯ୍ୟ କଥା ସମସ୍ତେ ଭଲ ଖାଇବାକୁ ଚାହାନ୍ତି କିନ୍ତୁ ଉତ୍ପାଦନ କରିବାକୁ ନୁହେଁ । ସମସ୍ତେ ଭଲରେ ରହି ଚାକିରି କରିବାକୁ ଚାହାନ୍ତି କିନ୍ତୁ ଜଣେବି କେହି ଭଲ କୃଷକ ହେବାକୁ ଚାହାଁନ୍ତି ନାହିଁ । ଏବେ ପ୍ରଶ୍ନ ଉଠୁଚି- ଉତ୍ପାଦନ କରିବ କିଏ ? ଖାଦ୍ୟ ଆସିବ କେଉଁଠାରୁ । ତେଣୁ କୃଷକମାନଙ୍କୁ ଉପଯୁକ୍ତ ତାଲିମ୍ ପ୍ରାପ୍ତ କରାଯିବା ଦରକାର । ଏହାଦ୍ୱାରା କୃଷକମାନଙ୍କ ରୋଜଗାର ଏବଂ ଭବିଷ୍ୟତରେ କୃଷି ଏକ ମୁଖ୍ୟ ବୃତ୍ତି ହୋଇ ପାରିବ ।

**କୃଷକ ପାଠ୍ୟକ୍ରମ :**

୧. ପରିବେଶ ଅନୁଯାୟୀ ଶସ୍ୟ ଚିହ୍ନଟ କରିବା
୨. ନୂତନ ଜ୍ଞାନ କୌଶଳର ପ୍ରୟୋଗ
୩. ମିଶ୍ରିତ କୃଷି
୪. ଅଧିକ ଅମଳ କରିପାରୁଥିବା ବିହନ
୫. ନୂତନ ଯନ୍ତ୍ରପାତିର ପ୍ରୟୋଗ
୬. ବିଭିନ୍ନ ପନିପରିବା ଋତୁ ଅନୁସାରେ ଓ ବଜାର ଚାହିଦାରେ ଚାଷ କରିବା

ଜମିଟି ସାଧାରଣତଃ ହିଡ଼ ଦ୍ୱାରା ଭାଗ ଭାଗ ହୋଇଥାଏ । ତେଣୁ ଅଧିକ ଟଙ୍କା ନିବେଶ ହୋଇଥାଏ । ଯଦି ପାଖାପାଖି ଜମି ଥିବା କୃଷକ ନିଜସ୍ୱ ବୁଝାମଣାରେ ହିଡ଼ ଉଠାଇ ଜମିକୁ ଏକତ୍ର କରି ଚାଷ କରନ୍ତେ ଜଳସେଚନର ସୁବିଧା ସହ ଅମଳ ହୁଅନ୍ତା ।

ଯଦି କେତେକ କୃଷକ ଏକାଠି ହୋଇ ଗୋଟେ ଛୋଟ ଫାର୍ମ ଗଠନ କରି ସେମାନଙ୍କର ମିଳିତ ପ୍ରୟାସରେ ସେଠାରେ ଜୈବିକ ସାର, କମ୍ପୋଷ୍ଟ ଏବଂ ଏଫ୍.ଓ୍ୱାଇ.ଏମ୍. ଉତ୍ପାଦନ କରିପାରନ୍ତେ । ଏହା ସେମାନଙ୍କ ପାଇଁ ଅଧିକ ରୋଜଗାର ଦେଇ ପାରିବ । ଏଥିପାଇଁ କୃଷି ବିଜ୍ଞାନ ଶିକ୍ଷା ନିତ୍ୟାନ୍ତ ଆବଶ୍ୟକ ।

ଶ୍ୟାମଳ ସୁବର୍ଣ୍ଣ ବ୍ୟୁରୋ
(ସହାୟତା- ବିଜ୍ଞାନ)



# ଲାଭଦାୟକ ଫସଲ ବାଇଗଣ



ବାଇଗଣ ଏକ ମୁଖ୍ୟ ପରିବା ଭାବେ ବେଶ ଆଦୃତ । ପ୍ରତି ଓଡ଼ିଆଙ୍କ ପରିବା ଡାଲାରେ ଏକ ନିୟମିତ ପରିବା ଭାବେ ପରିଚ଼ିତ ମଧ୍ୟ । ଭୋର ପହନ୍ତାରୁ ଚୁଲିମୁଲେ ପୋଡ଼ା ବାଇଗଣ ସାଙ୍ଗକୁ ପଖାଳ ଭାତ ବେଶ୍ ଜମେ । ତେବେ ଧଳା ବାଇଗଣରେ ଔଷଧୀୟ ଗୁଣ ତଥା ଫାଇବର, ମିନେରାଲ ରହିଥିବା ହେତୁ ଡ଼ାୟାବେଟିକ ରୋଗୀ, ଗର୍ଭବତୀ ମହିଳା ଏବଂ ବ୍ଲଡ୍ ପ୍ରେସର୍ ରୋଗୀମାନେ ଏହାକୁ ଅଧିକ ଖାଇଥାନ୍ତି । ଆଜିକାଲି ବଜାରରେ ବାଇଗଣର ବେଶ ଚ଼ାହିଦା ମଧ୍ୟ ରହିଛି ଏଣୁ ଜଳ ସେଚ଼ନ ସୁବିଧା ଥିବା ଢିପ ଜମିରେ ଧାନ ପରିବର୍ତ୍ତେ ବାଇଗଣ ଚ଼ାଷ କଲେ ଚ଼ାଷୀ ଭାଇମାନେ ଅଧିକ ଲାଭ ପାଇପାରିବେ ।

ସର୍ବ ପ୍ରଥମେ ଚ଼ାଷୀ ଭାଇ ମାନଙ୍କୁ ଧ୍ୟାନ ଦେବା ଦରକାର ଯେଉଁ ସମୟରେ ସାଧାରଣତଃ ବାଇଗଣ ବେଶି ଫଳି ଥାଏ ଠିକ୍ ସେହି ସମୟରେ ଦାମ୍ କମ୍ ହୁଏ ଏଣୁ ଅଧିକ ପରିମାଣରେ ଚ଼ାଷ କରୁଥିଲେ ସର୍ବଦା ବଜାର ଚ଼ାହିଦା ଏବଂ ଖାଉଟି ଦରଦାମ୍ ଉପେରେ ବିଶେଷ ନଜର ରଖି ଚ଼ାଷ କରିବାକୁ ପଡ଼ିବ। ଧଳା ବାଇଗଣର ଔଷଧୀୟ ଗୁଣ ରହିଥିବା ହେତୁ ବଜାରରେ ଅନ୍ୟ ବାଇଗଣଠୁ ଏହାର ଅଧିକ ଚ଼ାହିଦା ଦେଖାଯାଏ ସେଇପରି ଭାବେ କଣ୍ଟା ବାଇଗଣର ମଧ୍ୟ ବିଶେଷ ଚ଼ାହିଦା ରହିଛି । ତେବେ ବାଇଗଣ ଅମଳର ପରିମାଣ ସଠିକ୍ ବିହନ ଚ଼ୟନ ଏବଂ ଖାଦ୍ୟ ସାର ପରିଚ଼ାଳନା ଉପରେ ନିର୍ଭରକରେ ଏଣୁ ସର୍ବଦା ସଠିକ୍ ବିହନ ଏବଂ ସମନିତ୍ୱ ଖାଦ୍ୟ ସାର ପରିଚ଼ାଳନା କଲେ ଚ଼ାଷୀ ଭାଇମାନେ କମ୍ ଖର୍ଚ୍ଚ ରେ ଅଧିକ ଲାଭ ପାଇପାରିବେ।

**୧. ସଠିକ୍ ବିହନ ଚ଼ୟନ**

ଗାଁ ଗହଳି ରେ ଚ଼ାଷୀ ସାଧାରଣତଃ ନିକଟସ୍ଥ ଦୋକାନରେ ଉପଲବ୍ଧ ହେଉଥିବା ବିହନ ଉପରେ ନିର୍ଭର କରିଥାନ୍ତି ଏବଂ ଗାଁ ଦୋକାନୀ ନିଜକୁ ସୁହାଇଲା ଭଳି ବିହନ ମଧ୍ୟ ରଖିଥାଏ ଫଳରେ ଚ଼ାଷୀ ଉନ୍ନତ ବିହନ ପାଇପାରେ ନାହିଁ । ଏଣୁ ସବୁବେଳେ ଉନ୍ନତ ଏବଂ ରୋଗ ପ୍ରତରୋଧକ ଶକ୍ତି ଥିବା ବିହନ ଚ଼ୟନ କରିବା ଅବଶ୍ୟକ । ଓଡ଼ିଶା ଜଳବାୟୁ ପାଇଁ ଓୟୁଏଟି ଭୁବନେଶ୍ୱରରୁ କେତେକ ଉନ୍ନତ କିସମର ବିଜାଣୁ ଜନିତ ଝାଉଁଳା ରୋଗ ପ୍ରତିରୋଧ ବିହନ ଉତ୍ପାଦନ କରାଯାଇଛି ସେ ଗୁଡିକ ହେଲା ଉତ୍କଳ ତାରିଣି,ଉତ୍କଳ କେଶରୀ, ଉତ୍କଳ ମାଧୁରୀ ଏବଂ ଅନ୍ୟ ପ୍ରଜାତିର କିସମ ଯଥା ପୁଷା କ୍ରାନ୍ତି, ପୁଷା ପର୍ପଲ୍ ଲଙ୍ଗ, ପୁଷା କ୍ଲଷ୍ଟର ଆଦି କିସମର ବିହନ ଓଡ଼ିଶା ଜଳବାୟୁ ପାଇଁ ଉପଯୁକ୍ତ । ଶଙ୍କର ବା ହାଇବ୍ରିଡ୍ ଜାତୀୟ ମଧ୍ୟରେ ଯେ କେ ୮୦୩୧ ଅଧିକ ଅମଳ ଦେଇଥାଏ ।

**୨. ତଳି ପ୍ରସ୍ତୁତି**

ସାଧାରଣତଃ ନିଗିଡା ଦୋରସା ମାଟି ବାଇଗଣ ଚ଼ାଷ ପାଇଁ ପ୍ରସ୍ତୁତ ଏଣୁ ପାଣି ସୁବିଧାଥିବା ଉଚ୍ଚ ନିଗିଡା ଜମିରେ ତଳି ପକାଯାଏ । ବିଲକୁ ଭଲ ଭାବେ ଚ଼ାଷକରି ଅନାବନା ଘାସ ବାଚ଼ିଛି ୩ ରୁ ୪ ଫୁଟ ଚ଼ଉଡ଼ା ଏବଂ ୧୦ ଫୁଟ ଲମ୍ବାର ଏକ ୧୦ ରୁ ୨୦ ସେମି ଉଚ୍ଚ ପଟି ପ୍ରସ୍ତୁତ କରନ୍ତୁ । ଉଚ୍ଚହେବାଦ୍ୱାରା ଜଳ ନିଷ୍କାସନ ଓ ତଳିଘର କଟା ରୋଗ କମ୍ ହୋଇଥାଏ । ତଳିପଟି ଗୁଡ଼ିକ ମଧ୍ୟରେ ୧.୫ ଫୁଟର ଏକ ରାସ୍ତା ଯିବା ଆସିବା ପାଇଁ ଛାଡନ୍ତୁ । ପ୍ରତ୍ୟେକ ତଳିପଟିରେ ୪ ରୁ ୫ ଝୁଡି ଗୋବର ଖତ ସହିତ ୭୫ ଗ୍ରାମ ୟୁରୀୟା, ୧୦୦ ଗ୍ରାମ ସୁପର ଓ ୨୫ ଗ୍ରାମ ପଟାସକୁ ଭଲ ଭାବେ ମିଶେଇ ଏକ ସମତୁଲ ତଳି ପଟି ପ୍ରସ୍ତୁତ କରନ୍ତୁ । ମି ବୁଣିବାର ୩ ରୁ ୫ ଦିନ ପୂର୍ବରୁ ତଳି ପଟି ପ୍ରସ୍ତୁତ କରିବ ଆବଶ୍ୟକ । ପିମ୍ପୁଡ଼ି କିମ୍ବା ଅନାନ୍ୟ ଉଇ ଦେଖା ଦେଲେ ତାକୁ ତୁରନ୍ତ ନଷ୍ଟ କରିବା ଆବଶ୍ୟକ ଅଟେ । ଏକ ଏକର ଜମି ପାଇଁ ସାଧାରଣତଃ ୨୦୦ ରୁ ୨୫୦ ଗ୍ରାମର ମଞ୍ଜି ଓ ୯ ଟି ତଳି ପଟି ଆବଶ୍ୟକ ହୋଇଥାଏ, ମଞ୍ଜି ବୁଣିବା ପୂର୍ବରୁ ସେଗୁଡ଼ିକୁ ୧ ଗ୍ରାମ ଥିରାମ ରେ ଭଲ ଭାବେ ବିଶୋଧନ କରି ଅଧ ଇଞ୍ଚ ଗଭୀରରେ ଧାଡ଼ି ଧାଡ଼ି କରି ବୁଣାଯାଏ। ଶୀଘ୍ର ଗଜା ବାହାରିବା ପାଇଁ ତଳି ପଟିକୁ ପାଳ ବା ନଡ଼ା ରେ ଆଚ୍ଛାଦିତ କରି ପାଣି ଛିଞ୍ଚନ କରାଯାଏ । ୪ ରୁ ୫ ଦିନ ପରେ ଗଜା ବାହାରେ ଏହାପରେ ପାଳ କୁ କାଢି ଦେବା ଦରକାର ଏବଂ ନିୟମିତ ଭାବେ ଯତ୍ନ ନେଲାପରେ ପ୍ରାୟ ୨୦ ରୁ ୨୫ ଦିନ ମଧ୍ୟରେ ତଳି ଗୁଡ଼ିକ ରୋଇବା ପାଇଁ ଉପଯୁକ୍ତ ହୋଇଥାନ୍ତି ।

**୩. ଜମି ପ୍ରସ୍ତୁତି**

ଏକର ପିଛା ଜମିରେ ୬ ରୁ ୮ ଗାଡ଼ି ଖତ ଦେଇ ଭଲ ଭାବରେ ଦୁଇ ଓଡ ହଳ କରି, ମଇ ସାହାଯ୍ୟରେ ମାଟିକୁ ଗୁଣ୍ଡ କରି ସମତୁଲ କରନ୍ତୁ । ତତ୍ ସହିତ ୧୦ କିଗ୍ରା ଯବକ୍ଷାରଜାନ, ୨୦ କିଗ୍ରା ଫସଫରସ ଏବଂ ୬ କିଗ୍ରା ପୋଟାସ୍ ସାର ଦେଇ କୁ ଧାଡ଼ି ୬୦ ସେମି ଏବଂ ଗଛକୁ ଗଛ ୪୫ ସେମି ଦୂରତା ମଧ୍ୟରେ ଚ଼ାରା ରୋପଣ କରି ପାଣି ଦିଅନ୍ତୁ । ୨୦ ରୁ ୨୫ ଦିନ ପରେ ଅନାବନା ଘାସ ବାଛି କୋଡ଼ାଖସା କରି ଏକର ପିଛା ୨୦ କିଗ୍ରା ଯବକ୍ଷାରଜାନ ଏବଂ ୧୨ କିଗ୍ରା ପଟାସ ସାର ଦେଇ ମାଟି ଟେକି ଦିଅନ୍ତୁ । ଏବଂ ୫ ରୁ ୭ ଦିନ ବ୍ୟବଧାନରେ ଜଳବାୟୁକୁ ଦେଖି ପାଣି ମଡ଼ାନ୍ତୁ । ସେହିପରି ୪୦ ରୁ ୪୫ ଦିନ ହେଲା ପରେ ପୁଣିଥରେ ଏକର ପିଛା ୨୦ କିଗ୍ରା ଯବକ୍ଷାରଜାନ ଏବଂ ୧୨ କିଗ୍ରା ପଟାସ ସାର ଦେଇ ମାଟି ଟେକି ଦିଅନ୍ତୁ । ସାର ସବୁବେଳେ ଗଛ ଠାରୁ ୨ ରୁ ୩ ଇଞ୍ଚ ଛାଡ଼ି ପ୍ରୟୋଗ କରିବା ଉଚ଼ିତ ।

**୪.ଅମଳ**

ତଳି ରୋଇବାର ପ୍ରାୟ ୬୦ ଦିନ ପରେ ଗଛରେ ଫୁଲ ଧରିଥାଏ ଏବଂ ଏକର ପିଛା ପ୍ରାୟ ୯୦ ରୁ ୧୧୦ କ୍ୱିଣ୍ଟାଲ ଅମଳ ହୋଇଥାଏ ।

**ମୁଖ୍ୟ ରୋଗ ଓ ପୋକ**

ବାଇଗଣରେ ମୁଖ୍ୟତଃ କାଣ୍ଡ ବିନ୍ଧା ଓ ଫଳବିନ୍ଧା ପୋକ ବେଶୀ କ୍ଷତି କରିଥାନ୍ତି । ଏହି ପୋକରୁ ରକ୍ଷା ପାଇବା ପାଇଁ ପ୍ରତି ଗଛ ପିଛା ୫୦ ଗ୍ରାମ ଲିମ୍ବ ପିଡ଼ିଆ ଏବଂ ଏକର ପ୍ରତି ୫ ଲି ଲିମ୍ବତେଲ ସ୍ପ୍ରେ କରିବା ସହିତ ପ୍ରତି ୧୦ ଧାଡ଼ିରେ ଗୋଟେ ଲେଖେ ଫେରୋମନ ଟ୍ରାପ୍ ଲଗାଇ ପୋକର ପ୍ରାଦୃଭାବ କମାଇ ପାରିବା । ଅଧିକ ପରିମାଣରେ ଦେଖା ଦେଲେ ବଜାରରେ ମିଳୁଥିବା ଇମାକ୍ଟିନ ବେଞ୍ଜୋଏଟ୍ କିମ୍ବା ଥିଓଡିକାର୍ବ କୀଟନାଶକ ୧ ଲିଟର ପାଣିରେ ୧ ଗ୍ରାମ ମିଶାଇ ଛିଞ୍ଚନ କଲେ ପୋକର ପ୍ରାଦୃଭାବ କମ୍ ହୋଇଥାଏ ।

ସେଇଭଳି ମୁଖ୍ୟ ରୋଗ ଭାବେ ଝାଉଁଳା ରୋଗ ବେଶୀ କ୍ଷତି କରେ - ଏହି ରୋଗ ବ୍ୟାକ୍ଟେରିଆ କିମ୍ବା ସୂତ୍ର କୃମି ଦ୍ୱାରା ହୋଇଥାଏ ଏଣୁ ପ୍ରଥମେ ଚେର କୁ ଅନୁଧ୍ୟାନ କରି ଏହା କେଉଁ ଦ୍ୱାରା ହୋଇଛି ତାହା ଚ଼ୟନ କରିବା ଆବଶ୍ୟକ।

୧.ମୂଳରେ ଫିମ୍ପି ଲାଗିଥିଲେ ଏହା ଫିମ୍ପି ଜନିତ ଝାଉଁଳା ରୋଗ :- ପ୍ରତି ୨ ଗ୍ରା ବାଭିଷ୍ଟିନ କିମ୍ବା ୧.୫ ଗ୍ରା ଟେବୁକୋନାଜଲ ୧ ଲି ପାଣିରେ ମିଶାଇ ଛିଞ୍ଚନ କରିବା

୨.ମୂଳରେ ଛୋଟ ଛୋଟ ଗଣ୍ଠି ଥିଲେ ଏହା ସୁତ୍ରକୃମି ଜନିତ ଝାଉଁଳା ରୋଗ :-ଦାନାଦାର କିମ୍ବା ଫୁରାଡନ୍ ଗୁଣ୍ଡ ମୂଳରେ ପକାନ୍ତୁ । ଚ଼ାଷ ଆରମ୍ଭରୁ ଗେଣ୍ଡୁ ଫୁଲ ପ୍ରତି ଧାଡ଼ିରେ ରୋପୋଣ କଲେ ଏହା ଏକ ଜନ୍ତା ଫସଲ ଭାବେ କାର୍ଯ୍ୟ କରିବା

୩. ବ୍ୟାକ୍ଟେରିଆ ଜନିତ ଝାଉଁଳା ରୋଗ ହୋଇଥିଲେ :- ପ୍ଲାଣ୍ଟମାଇସିନ ୧ ଗ୍ରା ପ୍ରତି ଲିଟର ଜଳରେ କିମ୍ବା ଷ୍ଟେପଟ୍ରେମୋଇସିନ୍ ୨ ଗ୍ରା ପ୍ରତି ୧୦ ଲି ଜଳରେ ମିଶ୍ରଣ କରି ଗଛ ମୂଳରେ ଭଲ ଭାବେ ମାଟି ଓଦା ହେଲା ଭଳି ଛିଞ୍ଚନ କରନ୍ତୁ ।



ବିଜ୍ଞାନ ରଞ୍ଜନ ସାହୁ
ଓୟୁଏଟି, ଭୁବନେଶ୍ୱର
ମୋ ୯୫୫୬୨୫୯୯୧୯

# ମୋ ଓଡ଼ିଶା

## ମିଳିବ ଆବର୍ଜନାରୁ ମୁକ୍ତି !

ବିଶ୍ୱ ପାଇଁ ସବୁଠୁ ବଡ଼ ଚିନ୍ତାର କାରଣ ହେଉଛି ପରିବେଶ ପ୍ରଦୂଷଣ। ଏହାକୁ ନେଇ ଅନେକ ନୀତି ପ୍ରଣୟନ ହେଉଛି। ବିଶ୍ୱ ନେତାମାନେ ଆପୋଷ ଆଲୋଚନା ଜାରି ରଖିଛନ୍ତି। ହେଲେ ନୀତିର କାର୍ଯ୍ୟକାରିତାର ସୁଫଳ ଦେଖିବାକୁ ମିଳୁନାହିଁ। ପ୍ରତିଟି ଦେଶ କେବଳ ନିଜ ସ୍ୱାର୍ଥ ପାଇଁ ପଦକ୍ଷେପ ନେଉଥିଲା ବେଳେ ଏହା ଯେ, ବଡ଼ ସଂକଟକୁ ଦୂର କରିବ ତାହା ଭାବିବା ଭୁଲ। ପ୍ରତିଟି ଦେଶ ଯେ ପର୍ଯ୍ୟନ୍ତ ଏହି ସମସ୍ୟାକୁ ହୃଦ୍‌ବୋଧ କରିନାହାଁନ୍ତି ସେ ପର୍ଯ୍ୟନ୍ତ ପରିବେଶ ପ୍ରଦୂଷଣକୁ ରୋକାଯାଇପାରିବ ନାହିଁ। ପୁରୁଣା ଗାଡ଼ି ବ୍ୟବହାର ହୋଇପାରିବ ନାହିଁ। ସେହିପରି ରାସ୍ତାରେ ମଧ୍ୟ ୧୦ ବର୍ଷର ପୁରୁଣା ବ୍ୟାବସାୟିକ ଯାନ, ୧୫ ବର୍ଷର ପୁରୁଣା ଘରୋଇ ପାସେଞ୍ଜର ଯାନ ଗଡ଼ିବ ନାହିଁ। ଯଦି ଏହା ଗଡ଼ିବ ତେବେ ମାଲିକମାନଙ୍କୁ ଦେବାକୁ ହେବ ଫିଟନେସ ପରୀକ୍ଷା। ଏହା ବାଧ୍ୟତାମୂଳକ। ପରୀକ୍ଷାରେ ଫେଲ ହେଲେ ଯିବ କବାଡି ଥାନାକୁ। ସେହିପରି ଲୁଚାଚୋରାରେ ପୁରୁଣା ଗାଡ଼ି ଚଳାଇଲେ ଧରାପଡ଼ିଲେ ଦେବାକୁ ହେବ ଜରିମାନା। ସରକାରଙ୍କ ଏହି ନିଷ୍ପତ୍ତି ସ୍ୱାଗତଯୋଗ୍ୟ। ଏବେ ଇଲେକ୍ଟ୍ରିକ ଯାନ ଉପରେ ସରକାର ଏଥିପାଇଁ ନିଆଯାଇଛି। ତେବେ ନିଜର ପୁରୁଣା ଗାଡ଼ିକୁ ହରାଉଥିବା ବ୍ୟକ୍ତିଙ୍କ ପାଇଁ ମଧ୍ୟ ନୂଆ ନୀତିରେ ଦିଆଯାଇଛି ସୁବିଧା। ଗାଡ଼ିର ସ୍କ୍ରାପ ମୂଲ୍ୟ ବାବଦରେ ବ୍ୟକ୍ତିବିଶେଷଙ୍କୁ ନୂଆ ଗାଡ଼ି ସମୟରେ ରୋଡ ଟ୍ୟାକ୍ସରୁ ମଧ୍ୟ ରିହାତି ଦିଆଯିବ। କିଛି ରାଜ୍ୟ ସରକାର ଏ ଦିଗରେ ପଦକ୍ଷେପ ନେବା ମଧ୍ୟ ଆରମ୍ଭ କଲେଣି। ପୁରୁଣା ଗାଡ଼ିକୁ ରାସ୍ତାରୁ ହଟାଇବା ପାଇଁ ପ୍ରୋତ୍ସାହନର ଘୋଷଣା ମଧ୍ୟ ଦିଆଗଲାଣି। ପୁରୁଣା ଗାଡ଼ି ହଟିବା ନିଷ୍ପତ୍ତି ନିଆଯାଇଥିବାରୁ ଏବେ ଗାଡ଼ି ନିର୍ମାତାମାନେ ମଧ୍ୟ ବାଧ୍ୟରେ ପରିବେଶ ଅନୁକୂଳ ଗାଡ଼ି ତିଆରି



ଏହି କ୍ରମରେ ଭାରତ ସରକାର ବିକଳ୍ପ ଇନ୍ଧନ ଉପରେ ଗୁରୁତ୍ୱ ଦେବା ଆରମ୍ଭ କରିଛନ୍ତି। ଆଉ ଏକ ବଡ଼ ପଦକ୍ଷେପ ସ୍ୱରୂପ ରାସ୍ତାରୁ ପୁରୁଣା ଗାଡ଼ି ହଟାଇବାର ନିଆଯାଇଛି ନିଷ୍ପତ୍ତି। କେନ୍ଦ୍ରମନ୍ତ୍ରୀ ନୀତୀନ ଗଡକରୀ ପୁଣି ଥରେ ଦୋହରାଇଛନ୍ତି ଯେ, ସରକାରୀ କାର୍ଯ୍ୟରେ ବ୍ୟବହାର ହେଉଥିବା ପୁରୁଣା ଗାଡ଼ିକୁ କବାଡ଼ିକୁ ଦିଆଯିବ। ଅର୍ଥାତ୍ ୧୫ ବର୍ଷର ଗୁରୁତ୍ୱ ଦେଉଛନ୍ତି। କାରଣ ଏହାଦ୍ୱାରା ବାୟୁ ପ୍ରଦୂଷଣର ସମ୍ଭାବନା ନାହିଁ। ସେହିପରି ଇଥାନଲ ମିଶ୍ରିତ ଇନ୍ଧନ ଉପରେ ଜୋର ଦିଆଯାଉଛି। ଯାହାଦ୍ୱାରା ଗାଡ଼ିରୁ ବାହାରୁଥିବା ଧୂଆଁ ପରିବେଶକୁ ଅଧିକ କ୍ଷତି ପହଞ୍ଚାଇବ ନାହିଁ। ବର୍ତ୍ତମାନ ଯେଉଁସବୁ ପୁରୁଣା ଗାଡ଼ି ଚାଲୁଛି ତାହା ପରିବେଶ ପାଇଁ କ୍ଷତିକାରକ। ତେଣୁ ଏହାକୁ ସ୍କ୍ରାପ କରିବା ପାଇଁ ନିଷ୍ପତ୍ତି ଉପରେ ଅଧିକ ଗୁରୁତ୍ୱ ଦେବେ। ଦେଶର ସ୍ୱାର୍ଥ ଓ ବଦଳୁଥିବା ପରିବେଶକୁ ଦୃଷ୍ଟିରେ ରଖି ସରକାର ପଦକ୍ଷେପ ନେବା ଯେତିକି ଦରକାର ତା'ଠାରୁ ଅଧିକ ଦାୟିତ୍ୱ ହେଉଛି ସାଧାରଣ ଲୋକଙ୍କର। ପୁରୁଣା ଗାଡ଼ି ପ୍ରଚଳନ ଅର୍ଥନୀତି ପାଇଁ ମଧ୍ୟ ବୋଝ। ତେଣୁ ସରକାରଙ୍କୁ ଏହି ସ୍କ୍ରାପ ପଲିସକୁ ଆହୁରି ବ୍ୟାପକ ଓ ବିସ୍ତୃତ କରିବା ଦରକାର।

## ଗାନ୍ଧୀବାଦୀ ଗୋଲକ ଦାସଙ୍କ ବିୟୋଗ

କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡା ବ୍ଲକ ଅନ୍ତର୍ଗତ ଧୂମାତ ଗ୍ରାମର ପ୍ରଖ୍ୟାତ ଗାନ୍ଧୀବାଦୀ, ଭୂଦାନ ଆନ୍ଦୋଳନର ପୁରୋଧା ତଥା ବିନୋବା ଭାବେଙ୍କ ସହଯୋଗୀ ଗୋଲକ ଦାସଙ୍କର ୮୯ ବର୍ଷ ବୟସରେ ଗତ ମଙ୍ଗଳବାର ଦିନ ପରଲୋକ ହୋଇଯାଇଛି । ତାଙ୍କ ବିୟୋଗରେ ସାରା କେନ୍ଦ୍ରାପଡା ଜିଲ୍ଲାରେ ଗଭୀର ଶୋକର ଛାୟା ଖେଳିଯାଇଛି । ତାଙ୍କ ବିୟୋଗ ଖବରପାଇ ବହୁ ବିଶିଷ୍ଟ ବ୍ୟକ୍ତି ତାଙ୍କ ଧୂମାତ ଗ୍ରାମସ୍ଥିତ ବାସଭବନରେ ପହଞ୍ଚି ଶେଷ ଦର୍ଶନ କରିବା ସହ ଶ୍ରଦ୍ଧା ସୁମନ ଅର୍ପଣ କରିଥିଲେ । ଗ୍ରାମ୍ୟ ଶ୍ମଶାନରେ ତାଙ୍କ ଶେଷକୃତ୍ୟ ସମ୍ପନ୍ନ କରାଯାଇଛି। ସେ ଭାରତ ସ୍ୱାଧୀନତା ପରେ ମଧୁବାବୁଙ୍କ ଗ୍ରାମ ସତ୍ୟଭାମାପୁର ଗ୍ରାମରେ ଥିବା କସ୍ତୁରବା ବାଳାଶ୍ରମର ତତ୍ତ୍ୱାବଧାନରେ ଥିଲେ। ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ ଗୋପବନ୍ଧୁ ଚୌଧୁରୀଙ୍କ ସହ ମିଶି ଓଡିଶାର ବିଭିନ୍ନ ସ୍ଥାନରେ ସର୍ବୋଦୟ କର୍ମୀ ଭାବେ କାର୍ଯ୍ୟ କରୁଥିଲେ। ସ୍ୱର୍ଗତଃ ଦାସଙ୍କ ବିୟୋଗରେ ସମବାୟ ମନ୍ତ୍ରୀ ଅତନୁ ସବ୍ୟସାଚୀ ନାୟକ, କେନ୍ଦ୍ରାପଡା ବିଧାୟକ ଶଶିଭୂଷଣ ବେହେରା, ପୂର୍ବତନ ବିଧାୟକ କିଶୋର ଚନ୍ଦ୍ର ତରାଇ, ଡଃ. ସିପ୍ରା ମଲିକ, ଜିଲ୍ଲା ପରିଷଦ ସଭାପତି ଗୀତାଞ୍ଜଳି ସେଠୀ, ବ୍ଲକ ଅଧକ୍ଷା ରଶ୍ମୀତା ସେଠୀ, ପୂର୍ବତନ ରାଜ୍ୟ ବିଜେଡି ଯୁଗ୍ମ ସମ୍ପାଦକ ରାଜେଶ ପଣ୍ଡା, ପୂର୍ବତନ ଜିଲ୍ଲା ପରିଷଦ ସଭାପତି ମାନସ କୁମାର ପରିଡା, ଦୁଷ୍ମନ୍ତ ମଲିକ, ଜିଲ୍ଲା ପରିଷଦ ସଭ୍ୟା ଲିଲିତା ଦାସ, ବ୍ଲକ ବିଜେଡି ସଭାପତି ଆଲୋକ ସାହୁ ପ୍ରମୁଖ ଶୋକବ୍ୟକ୍ତ କରିଛନ୍ତି।

## ଶିକ୍ଷକ ଆନ୍ଦୋଳନ ସ୍ଥଗିତ, ସମସ୍ୟାର ସମାଧାନ ହେବ ତ ?

ତିନି ଦଫା ଦାବି ନେଇ ଭୁବନେଶ୍ୱରରେ ଚାରି ଦିନ ହେଲା ଚାଲିଥିବା ପ୍ରାଥମିକ ଶିକ୍ଷକଙ୍କ ଆନ୍ଦୋଳନ ସ୍ଥଗିତ ରଖାଯାଇଛି। ବୁଧବାର ରାଜ୍ୟ ସରକାରଙ୍କ ସହ ମିଳିତ ପ୍ରାଥମିକ ଶିକ୍ଷକ ମହାସଂଘର ଆଲୋଚନା ପରେ ଆନ୍ଦୋଳନକୁ ସ୍ଥଗିତ ରଖାଯାଇଛି। ଏନେଇ ମହାସଂଘର ସଭାପତି ମଣ୍ଡଳୀ ସଦସ୍ୟ ବ୍ରହ୍ମାନନ୍ଦ ମହାରଣା ସୂଚନା ଦେଇଛନ୍ତି। ସୂଚନା ଅନୁସାରେ ଡିସେମ୍ବର ୨୦ତାରିଖ ଯାଏ ପ୍ରାଥମିକ ଶିକ୍ଷକ ସଂଘ ଆନ୍ଦୋଳନକୁ ସ୍ଥଗିତ ରଖିଛି। ୧୬ରୁ ୨୦ ତାରିଖ ଭିତରେ ଦାବି ପୂରଣ ନ ହେଲେ ୨୧ ତାରିଖରୁ ପୁନର୍ବାର ଆନ୍ଦୋଳନକୁ ତ୍ରୀବତର କରାଯିବ। ଏଥିସହିତ ଶିକ୍ଷକମାନେ ସମୂହ ଛୁଟିରେ ଯିବେ ବୋଲି କୁହାଯାଇଛି। ଉଲ୍ଲେଖଯୋଗ୍ୟ ଯେ, ପ୍ରାଥମିକ ଶିକ୍ଷାରେ ଚୁକ୍ତିଭିତ୍ତିକ ନିଯୁକ୍ତି ଉଚ୍ଛେଦ ସହ ୨୦୦୧ରୁ ନିଯୁକ୍ତ ସମସ୍ତ ସ୍ୱେଚ୍ଛାସେବୀ ଶିକ୍ଷା ସହାୟକ, ଶିକ୍ଷାସହାୟକ ଓ କନିଷ୍ଠ ଶିକ୍ଷକଙ୍କ ମୂଳ ଚାକିରିକୁ ସରକାରୀ ସେବା ରୂପେ ଗଣନା କରି ୬ଟି ପଦୋନ୍ନତି ପ୍ରଦାନ, ସେହିପରି ସମସ୍ତ ପ୍ରାଥମିକ ଶିକ୍ଷକଙ୍କୁ ଏବଂ ପରବର୍ତ୍ତୀ ପର୍ଯ୍ୟାୟରେ ବିଭିନ୍ନ ଭାଗରେ ବିଭକ୍ତ ହୋଇଥିବା ବ୍ଲକ ଗ୍ରାଣ୍ଟ ଶିକ୍ଷକ ଓ କର୍ମଚାରୀ ସଂଘ, ଚୁକ୍ତିଭିତ୍ତିକ ଶିକ୍ଷକ ସଂଘ, ଶିକ୍ଷା ସହାୟକ ମହାସଂଘ, ୪୮୮ବର୍ଗ କଲେଜ ଶିକ୍ଷକ ସଂଘ, ୬୬୨ ବର୍ଗ ଶିକ୍ଷକ ସଂଘ ତରଫରୁ ବିଭିନ୍ନ ସମୟରେ ଓ ବିଶେଷ କରି ବିଧାନସଭା ଅଧିବେଶନ ସମୟରେ ଆନ୍ଦୋଳନ ଓ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି । ଏ ସବୁର ଫଳସ୍ୱରୂପ ୧୯୮୨ ବ୍ଲକ ଗ୍ରାଣ୍ଟ ହାଇସ୍କୁଲଗୁଡିକ ମଧ୍ୟରୁ ୧୦୮୫ ହାଇସ୍କୁଲକୁ ପେ, ଗ୍ରେଡ୍ ପେ ମିଳିଛି, ପୂର୍ବ ମୁଣ୍ଡାମୁଣ୍ଡି ବ୍ଲକଗ୍ରାଣ୍ଟ ବେତନ ବଦଳରେ ୪୮୮ ବର୍ଗର ଅଧ୍ୟାପକ ଓ କର୍ମଚାରୀଙ୍କୁ ପେ, ଗ୍ରେଡ୍ ପେ ସହ ୫ଟି ଇନ୍‌କ୍ରିମେଣ୍ଟ ଏବଂ ୬୬୨ ବର୍ଗର ଅଧ୍ୟାପକ ଓ କର୍ମଚାରୀମାନଙ୍କୁ ପେ, ଗ୍ରେଡ୍ ପେ ସହ ଗୋଟିଏ ଇନ୍‌କ୍ରିମେଣ୍ଟ ମିଳିଛି ।

ଏଠାରେ ପ୍ରଶ୍ନ ଉଠେ ଗୋଟିଏ ବୃତ୍ତିରେ ଥାଇ, ସମାନ କାମ କରି, ବେତନରେ ଶିକ୍ଷକ ଓ ଅଧ୍ୟାପକମାନଙ୍କ କ୍ଷେତ୍ରରେ ଏ ତାରତମ୍ୟ କାହିଁକି ? ଉଦାହରଣ ଦେଇ କୁହାଯାଇପାରେ ପ୍ରାଥମିକ ସ୍ତରରେ



ସପ୍ତମ ବେତନ ଅନୁଯାୟୀ କେନ୍ଦ୍ରୀୟ ହାରରେ ଦରମା ଏବଂ ୨୦୦୫ରୁ ନିଯୁକ୍ତ କର୍ମଚାରୀଙ୍କ ନୂତନ ପେନ୍‌ସନ୍ ବ୍ୟବସ୍ଥାକୁ ଉଚ୍ଛେଦ କରି ପୁରୁଣା ପେନସନ୍ ବ୍ୟବସ୍ଥାକୁ ପୁନଃ ପ୍ରଚଳନ କରିବା ଦାବି ନେଇ ଏହି ଆନ୍ଦୋଳନ ଆରମ୍ଭ ହୋଇଥିଲା। ଇତିମଧ୍ୟରେ ଦୁଇ ଥର ଆଲୋଚନା ହୋଇ ଦୁଇ ଥର ବିଫଳ ହେବା ପରେ ବୁଧବାର ଆନ୍ଦୋଳନରତ ଶିକ୍ଷକଙ୍କ ସହ ସରକାରଙ୍କ ବୈଠକ ଅନୁଷ୍ଠିତ ହୋଇଥିଲା। ନିଷ୍ପତ୍ତି ଅନୁସାରେ ମୁଖ୍ୟ ଶାସନ ସଚିବ ସୁରେଶ ଚନ୍ଦ୍ର ମହାପାତ୍ରଙ୍କ ଅଧକ୍ଷତାରେ ଏକ କମିଟି ଗଠନ କରାଯିବ। ଏଥିରେ ଉନ୍ନୟନ କମିଶନର, ଅର୍ଥ ବିଭାଗ ସଚିବ ଏବଂ ଗଣଶିକ୍ଷା ବିଭାଗ ସଚିବ ରହିବେ। ଏହି କମିଟି ଆସନ୍ତା ଡିସେମ୍ବର ୧୬ରୁ ୨୦ ତାରିଖ ମଧ୍ୟରେ ଶିକ୍ଷକ ଦାବି ନେଇ ଆଲୋଚନା କରିବେ ଓ ନିଷ୍ପତ୍ତି ନେବେ। ଏହି ଆଶାରେ ବିଶ୍ୱାସ ନେଇ ଶିକ୍ଷକମାନେ ଆନ୍ଦୋଳନରୁ ଓହରି ଯାଇଛନ୍ତି। ଏହା ଏକ ସ୍ୱାଗତଯୋଗ୍ୟ ନିଷ୍ପତ୍ତି। ଛାତ୍ରଛାତ୍ରୀଙ୍କ ହିତଦୃଷ୍ଟିରୁ ପ୍ରାଥମିକ ଶିକ୍ଷକ ମହାସଂଘ ଏଭଳି ନିଷ୍ପତ୍ତି ନେଇଛି। ସରକାର ମଧ୍ୟ ଏ ଦିଗରେ ସକାରାତ୍ମକ ପଦକ୍ଷେପ ନେବା ଆବଶ୍ୟକ।

ମହାନ୍ ଦାର୍ଶନିକ ଭୋଲଟାୟାରଙ୍କ ମତରେ ଶିକ୍ଷାରୁ ଆସେ ଚେତନା, ଚେତନାରୁ ସୃଷ୍ଟିହୁଏ ବିପ୍ଳବ ଏବଂ ବିପ୍ଳବ ଆଣିଥାଏ ପରିବର୍ତ୍ତନ। ପ୍ରତ୍ୟେକ ଦେଶର ଉନ୍ନତି ପଛରେ ସୁଦୃଢ଼ ଶିକ୍ଷାବ୍ୟବସ୍ଥା ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଥାଏ। ଅନ୍ୟଅର୍ଥରେ କହିଲେ ଯେଉଁ ଦେଶ ଯେତେ ଶିକ୍ଷିତ, ସେହି ଦେଶ ସେତେ ଉନ୍ନତ। ଯେତେ ଯାହା ଯୋଜନା କଲେ ବି ନିରକ୍ଷରତା ଦୂର ନ ହେଲେ କୌଣସି ଦେଶର ଉନ୍ନତି ଆଶାନୁରୂପ ହୋଇପାରିବନାହିଁ। ଏକ ଲୋକପ୍ରିୟ କାହାଣୀ କୁହେ-"ଯଦି ତୁମେ ଆଗାମୀ ଏକବର୍ଷ ପାଇଁ ଯୋଜନା କରୁଛ, ତାହାହେଲେ ଜମିରେ କିଛି ମଞ୍ଜି ବୁଣିଦିଅ, ଯଦି ୧୦ ବର୍ଷ ବା ତା' ଠାରୁ ଊର୍ଦ୍ଧ୍ୱ ସମୟ ପାଇଁ ଯୋଜନା କରୁଛ, ତା'ହେଲେ ଜମିରେ କିଛି ଗଛ ଲଗାଇଦିଅ, ଆଉ ଯଦି ୧୦୦ ବର୍ଷ ପାଇଁ ଯୋଜନା କରୁଛ, ତାହାହେଲେ ସମସ୍ତଙ୍କୁ ଶିକ୍ଷିତ କରାଇଦିଅ।" ଶିକ୍ଷା ବ୍ୟବସ୍ଥାର ପ୍ରାଣକେନ୍ଦ୍ର ହେଉଛି ପ୍ରାଥମିକ ବିଦ୍ୟାଳୟ। କିନ୍ତୁ ରାଜ୍ୟରେ ପ୍ରାଥମିକ ଶିକ୍ଷା ସ୍ଥିତି ଅତି ଦୟନୀୟ । ସେହିପରି ଶିକ୍ଷକଙ୍କ ଅବସ୍ଥା ମଧ୍ୟ ତଦ୍ରୂପ। ଜଣାପଡ଼ିଛି ଯେ ରାଜ୍ୟରେ ବିଭିନ୍ନ ବିଦ୍ୟାଳୟରେ ୫୦ ହଜାରରୁ ଅଧିକ ଶିକ୍ଷକ ପଦ ଖାଲି ପଡ଼ିଛି। ଅସ୍ଥାୟୀ ଅତିଥି ଶିକ୍ଷକ ଚଳାଉଛନ୍ତି ବିଦ୍ୟାଳୟ। ଏପରିକି ରାଜ୍ୟ ସରକାରଙ୍କ ପରିଚାଳିତ ଆଦର୍ଶ ବିଦ୍ୟାଳୟଗୁଡ଼ିକରେ ମଧ୍ୟ ଶିକ୍ଷକ ପଦ ଖାଲି ପଡ଼ିଛି। ବିରୋଧୀ ଦଳଙ୍କ ପ୍ରଶ୍ନର ଉତ୍ତରରେ ସ୍ଥାୟୀ ନିଯୁକ୍ତି କେବେ ହେବ ବୋଲି ପ୍ରଶ୍ନରେ ମନ୍ତ୍ରୀ କହିଲେ ପର୍ଯ୍ୟାୟକ୍ରମେ ନିଯୁକ୍ତି ହେବ ବୋଲି ଉତ୍ତର ରଖିଥିଲେ। ସେହିପରି ଅସ୍ଥାୟୀ ନିଯୁକ୍ତି କେବେ ବନ୍ଦ ହେବ ବୋଲି ପ୍ରସଙ୍ଗରେ ମନ୍ତ୍ରୀ କହିଥିଲେ ଯେ ସ୍ଥାୟୀ ନିଯୁକ୍ତି ନ ହେବା ପର୍ଯ୍ୟନ୍ତ ଅତିଥି ଶିକ୍ଷକଙ୍କ ନିଯୁକ୍ତି ଦିଆଯାଉଛି। ସେହିପରି ରାଜ୍ୟ ସରକାର ୨୦୦୧ ମସିହାରେ ପ୍ରାଥମିକ ବିଦ୍ୟାଳୟରେ ବହୁଳ ଭାବରେ ଲାଗୁ କରିଥିବା ଠିକା ଶିକ୍ଷକ ନିର୍ଦ୍ଦେଶ ଯୁକ୍ତିକୁ ଅଣଦେଖା କରିଛନ୍ତି। ଅପରପକ୍ଷେ ୨୦୧୩ ମସିହାଠାରୁ ଠିକା ଶିକ୍ଷକ ନିଯୁକ୍ତିକୁ ଉଚ୍ଛେଦ କରିଛନ୍ତି। ଏହା ଏକ ବିଡ଼ମ୍ବନାର ବିଷୟ।

ସୂଚନାଯୋଗ୍ୟ ଯେ, ବେସରକାରୀ ଶିକ୍ଷାନୁଷ୍ଠାନଗୁଡିକୁ ସରକାର ବିଭିନ୍ନ ସମୟରେ ସରକାରୀ ଅନୁଦାନ ଦେଇଆସୁଛନ୍ତି । ଏ କ୍ଷେତ୍ରରେ ୧୯୬୯ ମସିହାର ପ୍ରଥମ ଶିକ୍ଷା ଆଇନ ଏକ ମାଇଲ୍‌ଖୁଣ୍ଟ ହୋଇ ରହିଆସିଛି । ଏହି ଆଇନ୍‌କୁ ଭିତ୍ତି କରି ପରବର୍ତ୍ତୀ ପର୍ଯ୍ୟାୟରେ ୧୯୭୨ ମସିହାରେ ସମାନ କାମକୁ ସମାନ ଦରମା ଆଇନ୍ ଓ ଏହାପରେ ୧୯୭୪ ମସିହାରେ ଶିକ୍ଷକ ଅଧ୍ୟାପକ ଓ କର୍ମଚାରୀମାନଙ୍କୁ ପ୍ରତ୍ୟକ୍ଷ ଅନୁଦାନ ଆଇନ ଅନୁସାରେ ପୂର୍ଣ୍ଣ ଅନୁଦାନ ଦେଇ ସେମାନଙ୍କୁ ପରିଚାଳନା କମିଟିର ସିଧାସଳଖ ହସ୍ତକ୍ଷେପ ଓ ଦୌରାତ୍ମ୍ୟରୁ ମୁକ୍ତ କରାଗଲା । ଏହି ସମୟରେ ଶିକ୍ଷକମାନେ ଭାବିଥିଲେ ଯେ ପ୍ରତ୍ୟକ୍ଷ ଅନୁଦାନ ବ୍ୟବସ୍ଥା ଏକ ଚିରସ୍ଥାୟୀ ନିୟମ। ମାତ୍ର ଏହାର ୩୦ ବର୍ଷ ପରେ ୨୦୦୪ ମସିହାରେ ଆର୍ଥିକ ସଂସ୍କାର ଆଳରେ ଓ ଡି.ଏଫ୍.ଆଇ.ଡି. ଓ ବିଶ୍ୱବ୍ୟାଙ୍କ ଚାପରେ ତତ୍‌କାଳୀନ ସରକାର ବିଧାନସଭାରେ ଆଇନ୍ ପ୍ରଣୟନ କରି ପୂର୍ବ ପ୍ରଚଳିତ ପ୍ରତ୍ୟକ୍ଷ ଅନୁଦାନ ବ୍ୟବସ୍ଥାକୁ ବାତିଲ କରି ଘୃଣ୍ୟ ବ୍ଲକ ଗ୍ରାଣ୍ଟ ବା ମୁଣ୍ଡାମୁଣ୍ଡି ଦରମା ଦେବାର ବ୍ୟବସ୍ଥା କଲେ । ଏହି ବ୍ୟବସ୍ଥା ବିରୁଦ୍ଧରେ ନିଖିଳ ଉତ୍କଳ ଶିକ୍ଷକ ମହାସଂଘ, କଲେଜ ଶିକ୍ଷକ ସଂଘ, ଓଡିଶା ମାଧ୍ୟମିକ ସ୍କୁଲ ଶିକ୍ଷକ ସଂଘ, ଓଡିଶା ନିମ୍ନ ମାଧ୍ୟମିକ ଶିକ୍ଷକ ସଂଘ

ଜଣେ ନିୟମିତ ଶିକ୍ଷକ ୧୪,୮୦୦ ଟଙ୍କା ବା ତଦୁର୍ଦ୍ଧ୍ୱ ଦରମା ପାଉଥିବା ବେଳେ ଜଣେ ଗଣଶିକ୍ଷକ ୩,୫୦୦ଟଙ୍କା, ଶିକ୍ଷା ସହାୟକ ୫,୨୦୦ଟଙ୍କା କନିଷ୍ଠ ଶିକ୍ଷକ ୭,୦୦୦ଟଙ୍କା, ହାଇସ୍କୁଲ ସ୍ତରରେ ଜଣେ ନିୟମିତ ଶିକ୍ଷକ ୨୫,୦୦୦ରୁ ଊର୍ଦ୍ଧ୍ୱ ଟଙ୍କା ଦରମା ପାଉଥିଲା ବେଳେ ଜଣେ ବ୍ଲକ ଗ୍ରାଣ୍ଟ ଶିକ୍ଷକ ୫,୬୦୦ ଟଙ୍କା, ଚୁକ୍ତିଭିତ୍ତିକ ଶିକ୍ଷକ ୯,୩୦୦ଟଙ୍କା, କଲେଜ ସ୍ତରରେ ଜଣେ ୟୁଜିସି ଅଧ୍ୟାପକ ୯୦,୦୦୦ରୁ ଊର୍ଦ୍ଧ୍ୱ ଟଙ୍କା ଦରମା ପାଉଥିବାବେଳେ ରାଜ୍ୟ ବେତନ ପାଉଥିବା ଅଧ୍ୟାପକ ୩୫ହଜାରରୁ ଊର୍ଦ୍ଧ୍ୱ ଟଙ୍କା, ୪୮୮ ବର୍ଗର ଅଧ୍ୟାପକ ୧୬,୩୨୦ ଟଙ୍କା ଓ ୬୬୨ ବର୍ଗର ଅଧ୍ୟାପକ ୧୪,୧୩୦ ଟଙ୍କା ପାଉଛନ୍ତି । ସେହିପରି ଶିକ୍ଷକମାନଙ୍କୁ ବିଭିନ୍ନ ପ୍ରକାରରେ ବିଭକ୍ତ କରାଯାଇଛି । ଏଠି କିଏ ପାରା ଶିକ୍ଷକ, ଗଣଶିକ୍ଷକ, ଶିକ୍ଷାସହାୟକ, ଚୁକ୍ତିଭିତ୍ତିକ ଶିକ୍ଷକ ତ କିଏ ବ୍ଲକଗ୍ରାଣ୍ଟ ଶିକ୍ଷକ। ସେହିପରି କଲେଜ ସ୍ତରରେ କିଏ ବ୍ଲକଗ୍ରାଣ୍ଟ ପାଉଥିବା ଅଧ୍ୟାପକ କର୍ମଚାରୀ ତ କିଏ ରାଜ୍ୟ ବେତନ ଆଉ ୟୁଜିସି ବେତନ ପାଉଥିବା ଅଧ୍ୟାପକ ଓ କର୍ମଚାରୀ । କାହିଁ ଅତୀତରେ ଶିକ୍ଷକମାନଙ୍କ ବେତନରେ ଏତେ ତାରତମ୍ୟ ନଥିଲା କି ଶିକ୍ଷକମାନଙ୍କୁ ଏପରି ଭାଗ ଭାଗ କରାଯାଇ ନ ଥିଲା ?

ସବୁଠୁ ବଡ ସମ୍ବେଦନଶୀଳ ପ୍ରସଙ୍ଗ ହେଲା ପୂର୍ବର ସେ ଶକ୍ତିଶାଳୀ ଶିକ୍ଷକ ସଂଗଠନ ଆଉ ନାହିଁ କି ସେପରି ଅଦମନୀୟ ନେତା ଆଉ ନାହାଁନ୍ତି । ନିଖିଳ ଉତ୍କଳ ଶିକ୍ଷକ ମହାସଂଘଠାରୁ ଆରମ୍ଭ କରି କଲେଜ ଶିକ୍ଷକ ସଂଘ, ଓଡିଶା ମାଧ୍ୟମିକ ସ୍କୁଲ ଶିକ୍ଷକ ସଂଘ, ଓଡିଶା ନିମ୍ନ ମାଧ୍ୟମିକ ଶିକ୍ଷକ ସଂଘ ଭଳି ମୂଳ ସଂଗଠନଗୁଡିକ ଆଜି ବହୁଧା ବିଭକ୍ତ । ଫଳରେ ବ୍ଲକ ଗ୍ରାଣ୍ଟ ଶିକ୍ଷକ ଓ କର୍ମଚାରୀ ସଂଘ, ଚୁକ୍ତିଭିତ୍ତିକ ଶିକ୍ଷକ ସଂଘ, ଶିକ୍ଷା ସହାୟକ ମହାସଂଘ, ନିଖିଳ ଉତ୍କଳ କଲେଜ ଶିକ୍ଷକ ଓ କର୍ମଚାରୀ ସଂଘ, ୪୮୮ ବର୍ଗ କଲେଜ ଶିକ୍ଷକ ସଂଘ, ୬୬୨ବର୍ଗ କଲେଜ ଶିକ୍ଷକ ସଂଘ, ୟୁଟିଆଇ ସଂଘ ଓ ଓଡିଶା ବିଦ୍ୟାଳୟ ପରି ଭଳିକି ଭଳି ଶିକ୍ଷକ ସଂଗଠନ ସୃଷ୍ଟି ହୋଇଛି । ଫଳରେ ସଂଗଠନଗୁଡିକର ମୂଳଚାଲ ଶକ୍ତି ହ୍ରାସ ପାଇଛି, ଯାହା ପରୋକ୍ଷରେ ସରକାରଙ୍କୁ ସୁବିଧାଜନକ ସ୍ଥିତିରେ ରଖିଛି । ଆନ୍ଦୋଳନ ସମୟରେ ସରକାର କୌଣସି ଗୋଟିଏ ଗୋଷ୍ଠୀକୁ କିଛି ଦେଇ ସନ୍ତୁଷ୍ଟ କରିବା ନୀତିକୁ ଆପଣେଇ ନେଉଥିବାବେଳେ ସଂଗଠନଗୁଡିକ ମଧ୍ୟ ବାଧ୍ୟବାଧକତାରେ ହେଉ ବା ଅବସ୍ଥା ଦେଖି ବ୍ୟବସ୍ଥା ପାଇଁ ହେଉ, "କାନ୍ଦୁଥା, ଯାହା ପାଉଛୁ ବାନ୍ଧୁଥା" ନ୍ୟାୟରେ ସରକାରଙ୍କ କଥାକୁ ବାଧ ଶିଶୁ ପରି ମାନି ନେଉଛନ୍ତି । ପରିଣାମ ସ୍ୱରୂପ ଶିକ୍ଷକ, ଅଧ୍ୟାପକ ଓ କର୍ମଚାରୀମାନେ ନିଜର ମନ୍ଦ ଭାଗ୍ୟକୁ ଆଦରି ଶିକ୍ଷାଦାନରେ ବ୍ରତୀ ରହିଛନ୍ତି । ପରିସ୍ଥିତି ଏପରି ହୋଇଛି ଯେ ରାଜ୍ୟ ସରକାରଙ୍କ ଜଣେ ଚତୁର୍ଥ ଶ୍ରେଣୀ କର୍ମଚାରୀ ଏହି ଶିକ୍ଷକ ଓ ଅଧ୍ୟାପକମାନଙ୍କଠାରୁ ଅଧିକ ଦରମା ପାଉଛନ୍ତି । ଅଥଚ ସର୍ବୋଚ୍ଚ ଡିଗ୍ରୀ ହାସଲ କରିଥିବା ଶିକ୍ଷକ ଓ ଅଧ୍ୟାପକ କେମିତି ଏକ ବ୍ୟତିକ୍ରମ ହୋଇରହିଛନ୍ତି ?

ନିକଟ ଅତୀତରେ ସରକାର ଯେଉଁ ଠିକା ନିଯୁକ୍ତିକୁ ଉଚ୍ଛେଦ କରିଛନ୍ତି ସେଥିରେ ହିତାଧିକାରୀଙ୍କ ସଂଖ୍ୟା ବହୁତ କମ୍। ଏଥିରେ ମାତ୍ର ୬୯ ହଜାର ଶିକ୍ଷକ ଓ କର୍ମଚାରୀ ଉପକୃତ ହେବେ। ଖାଲି ସେତିକି ନୁହେଁ ୨୦୦୪ ମସିହାଠାରୁ ଏପର୍ଯ୍ୟନ୍ତ ଯେତେଗୁଡିଏ ସଂଶୋଧିତ ଅନୁଦାନ ନୀତି ପ୍ରଣୟନ କରାଯାଇଛି, ସେଥିରେ କେଉଁଠି ଇନ୍‌କ୍ରିମେଣ୍ଟ ନାହିଁ ତ କେଉଁଠି ମହଙ୍ଗା ଭତ୍ତା ନାହିଁ । ପୁଣି କେଉଁଠି ଜି.ପି.ଏଫ୍. ନାହିଁ ତ କେଉଁଠି ଅବସରକାଳୀନ ସୁବିଧା-ସୁଯୋଗ ନାହିଁ । ଆଉ କେତେ ଦିନ ଶିକ୍ଷକ, ଅଧ୍ୟାପକ ଓ କର୍ମଚାରୀମାନେ ଏମିତି ହିନସ୍ତା ହେଉଥିବେ? ଏବେ ବି ସମୟ ଅଛି। ରାଜ୍ୟ ସରକାର ଓ ଗଣଶିକ୍ଷା ବିଭାଗ ଶିକ୍ଷକମାନଙ୍କ ସମସ୍ୟାକୁ ଅଗ୍ରାଧିକାର ଭିତ୍ତିରେ ସମାଧାନ କରିବା ଜରୁରୀ ମନେହୁଏ। ଶିକ୍ଷକ, ଅଧ୍ୟାପକ ଓ କର୍ମଚାରୀମାନେ ଯଦି ସେମାନଙ୍କ ଦାବି ପୂରଣ ନେଇ ବାରମ୍ବାର ରାଜରାସ୍ତାକୁ ଆସିବେ, ତାହାହେଲେ ଶିକ୍ଷା ବ୍ୟବସ୍ଥା ଓ ଛାତ୍ରଛାତ୍ରୀଙ୍କ ଭବିଷ୍ୟତ କ୍ଷତିଗ୍ରସ୍ତ ହେବାର ଯଥେଷ୍ଟ ସମ୍ଭାବନା ରହିଛି। ଏକଥା ସମସ୍ତେ ହୃଦୟଙ୍ଗମ କରିବା ଉଚିତ୍। ଆମକୁ ମନେରଖିବାକୁ ହେବ ଯେ ଶିକ୍ଷା ହିଁ ପ୍ରଗତିର ମାପକାଠି ଓ ଶିକ୍ଷକମାନେ ହେଉଛନ୍ତି ଶିକ୍ଷା ବ୍ୟବସ୍ଥାର ମେରୁଦଣ୍ଡ।


DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Pragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com

ଖେଳ
ସାଧାରଣ ଲୋକଙ୍କ ଖବରକାଗଜ
ପର୍ଯ୍ୟବେକ୍ଷକ 25
PARYABEKHYAK
ପର୍ଯ୍ୟବେକ୍ଷକ



# ଶ୍ରୀଜଗନ୍ନାଥ ଭେଷଜ ମହାବିଦ୍ୟାଳୟର ନୂତନ ଅଧ୍ୟକ୍ଷା ହେଲେ ପ୍ରଫେସର ଡା.ସବିତା ମହାପାତ୍ର



ପୁରୀ,(ପି.ଏନ):ପୁରୀ ବାଲିଗୁଆଳିସ୍ଥିତ ଶ୍ରୀଜଗନ୍ନାଥ ଭେଷଜ ମହାବିଦ୍ୟାଳୟ ଓ ଚିକିତ୍ସାଳୟର ନୂତନ ଅଧକ୍ଷାଭାବେ ବରିଷ୍ଠ ପ୍ରଫେସର ଡା. ସବିତା ମହାପାତ୍ର ଦାଇତ୍ୱ ଗ୍ରହଣ କରିଛନ୍ତି। ଏଥି ପୂର୍ବରୁ ପ୍ରଫେସର ମହାପାତ୍ର ବଲାଙ୍ଗୀରସ୍ଥିତ ଭୀମଭୋଇ ଭେଷଜ ମହାବିଦ୍ୟାଳୟର ଅଧକ୍ଷାଭାବେ ପ୍ରାୟ ୩ବର୍ଷରୁ ଉର୍ଦ୍ଧ ସମୟ ଧରି ସଫଳତାର ସହ ଦାଇତ୍ୱ ନିର୍ବାହ କରିଛନ୍ତି। ଗତ ସପ୍ତାହରେ ରାଜ୍ୟ ସରକାରଙ୍କ ନିଷ୍ପତିକ୍ରମେ ତାଙ୍କୁ ଉକ୍ତ ପଦବୀରେ ଅବସ୍ଥାପିତ କରାଯାଇଛି। କାର୍ଯ୍ୟଭାର ଗ୍ରହଣ କରିବା ପୂର୍ବରୁ ଡା.ମହାପାତ୍ର ପ୍ରଥମେ ଶ୍ରୀମନ୍ଦିର ଯାଇ ଶ୍ରୀଜିଉଙ୍କୁ ଦର୍ଶନ କରିବା ସହ ଆଶୀର୍ବାଦ କାମନା କରିଥିଲେ। ପରେ ବାଲିଗୁଆଳିସ୍ଥିତ ମେଡିକାଲ କଲେଜ ପରିସରକୁ ଆସି ଅଧୀକ୍ଷକ ପ୍ରଫେସର କୌଶିକ ମିଶ୍ରଙ୍କ ଠାରୁ ଦାଇତ୍ୱ ଗ୍ରହଣ କରିଥିଲେ। ଏହି ଅବସରରେ କଲେଜ ପରିସରରେ ତାଙ୍କୁ ବିପୁଳ ସ୍ୱାଗତ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଥିଲା। ଅଧୀକ୍ଷକ ପ୍ରଫେସର ମିଶ୍ରଙ୍କ ସମେତ ଉପାଧ୍ୟକ୍ଷ ପ୍ରଫେସର ଲଲାଟେନ୍ଦୁ ସ୍ୱାଇଁ, ପ୍ରଶାସନିକ ଅଧିକାରୀ ଇନ୍ଦିରା ସାହୁ,ବିତାଧିକାରୀ ଦୀପା ନାୟକଙ୍କ ସହ ବିଭିନ୍ନ ବିଭାଗର ବିଭାଗୀୟ ମୁଖ୍ୟ, ଅନ୍ୟାନ୍ୟ ଅଧ୍ୟାପକ, ଅଧ୍ୟାପିକା, କର୍ମଚାରୀ ଓ ଛାତ୍ରଛାତ୍ରୀମାନେ ନୂତନ ଅଧକ୍ଷାଙ୍କୁ ପୁଷ୍ପଗୁଚ୍ଛ ଦେଇ ସ୍ୱାଗତ କରିଥିଲେ। ଏଠାରେ ସୂଚନାଯୋଗ୍ୟ, ୨୦୨୧ମସିହା ଅପ୍ରେଲ ମାସରୁ ଶ୍ରୀଜଗନ୍ନାଥ ଭେଷଜ ମହାବିଦ୍ୟାଳୟ କାର୍ଯ୍ୟକ୍ଷମ ହୋଇଥିବା ବେଳେ, ବର୍ତମାନ ୩ଗୋଟି ବ୍ୟାଚରେ ୩ଶହ ଜଣ ଛାତ୍ରଛାତ୍ରୀ ଏମ ବି ବି ଏସ ପାଠ୍ୟକ୍ରମ ଅଧ୍ୟୟନ କରୁଛନ୍ତି। ଶୈଶବାବସ୍ଥାରେ ଥିବା ଏହି ନୂଆ ଅନୁଷ୍ଠାନର ଉନ୍ନତି ଓ ସୁପରିଚାଳନା ଦିଗରେ ଅନେକ କିଛି କାର୍ଯ୍ୟ କରିବାକୁ ଥିବା ବେଳେ,ପ୍ରଭୁ ଶ୍ରୀଜଗନ୍ନାତଙ୍କ ଆଶୀର୍ବାଦ ଏବଂ ଅଧ୍ୟାପକ ଓ କର୍ମଚାରୀମାନଙ୍କ ସହଯୋଗରେ ସମସ୍ତ କାର୍ଯ୍ୟ ସୁଚାରୁଭାବେ ଆଗେଇ ନେବାକୁ ନୂତନ ଅଧକ୍ଷା ପ୍ରଫେସର ଡା. ସବିତା ମହାପାତ୍ର ଦୃଢ ସଙ୍କଳ୍ପ ବ୍ୟକ୍ତ କରିଛନ୍ତି।

## ମହିଳା ପର୍ଯ୍ୟଟକଙ୍କ ନିକଟରୁ ଟଙ୍କା ବ୍ୟାଗ ଛଡାଇ ନେଲା ଦୁର୍ବୃତ

ପୁରୀ, (ପି.ଏନ):କୁମ୍ଭାରପଡା ଥାନା ଅଧୀନ ଜିଲ୍ଲା ସ୍କୁଲ ନିକଟରେ ଗୋଟିଏ ପର୍ଯ୍ୟଟକ ଦମ୍ପତି ଅଜଣା ବ୍ୟକ୍ତିଙ୍କ ଦ୍ୱାରା ଲୁଟର ଶିକାର ହୋଇଥିବାର ସୂଚନା ମିଳିଛି। ଲୁଟର ଶିକାର ହୋଇଥିବା ଦମ୍ପତି ନୂଆଦିଲ୍ଲୀର ବୋଲି ସୂଚନା ମିଳିଛି। ଏ ନେଇ ଲୁଟର ଶିକାର ମହିଳାଙ୍କ ସ୍ୱାମୀ ବିଶ୍ୱନାଥ ରକ୍ଷିତ(୭୦) ଅଜଣା ଲୁଟେରା ବିରୋଧରେ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ସୂଚନା ମୁତାବକ,ଅଭିଯୋଗକାରୀ ବିଶ୍ୱନାଥ ରକ୍ଷିତ ନୂଆଦିଲ୍ଲୀରୁ ନିଜ ପତ୍ନୀଙ୍କ ସହ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କୁ ଦର୍ଶନ ପାଇଁ ଆସିଥିଲେ। ସେ ଘରକୁ ଫେରିବା ପାଇଁ ରାତି ୮.୫୦ ସମୟରେ ଏକ ବ୍ୟାଟେରୀ ଅଟୋରେ ପୁରୀ ଷ୍ଟେସନକୁ ଫେରୁଥିଲେ। ଉକ୍ତ ସମୟରେ ଜିଲ୍ଲା ସ୍କୁଲ ନିକଟରେ ଜଣେ ଅଜଣା ବାଇକ ଚାଳକ ହେଲମେଟ ପିନ୍ଧି ତାଙ୍କ ପତ୍ନୀଙ୍କ ନିକଟରୁ ଭ୍ୟାନିଟି ବ୍ୟାଗ ଛଡାଇ ନେଇ ଆଖି ପିଛୁଳାକେ ଫେରାର ହୋଇଯାଇଥିଲା। ଉକ୍ତ ବ୍ୟାଗରେ ଦମ୍ପତିଙ୍କର ୩ଗୋଟି ବ୍ୟାଙ୍କର ଏଟିଏମ କାର୍ଡ,ମୋବାଇଲ ଫୋନ,ପ୍ୟାନ କାର୍ଡ ଏବଂ ନଗଦ ୧୮ହଜାର ଟଙ୍କା ରହିଥିବା ସୂଚନା ମିଳିଛି। ଏ ନେଇ ଅଭିଯୋଗକାରୀ ଜଣକ ଅଜଣା ଲୁଟେରା ବିରୋଧରେ କୁମ୍ଭାରପଡା ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ଅଭିଯୋଗକୁ ଭିତି କରି ପୁଲିସ ଅଜଣା ଅଭିଯୁକ୍ତ ବିରୋଧରେ କେଶ ନଂ ୨୯୬/୨୩ରେ ମାମଲା ରୁଜୁ କରି ଘଟଣାର ତଦନ୍ତ ଆରମ୍ଭ କରିଛି।

## ଏସୟୁଜେ ପକ୍ଷରୁ ପାରାଦୀପରେ ଆଲୋଚ଼ନା ଚ଼କ୍ର ଓ ପରିଚ଼ୟ ପତ୍ର ବର୍ଣ୍ଟନ କାର୍ଯ୍ୟକ୍ରମ



ପାରାଦୀପ,(ପି.ଏନ): ରାଜ୍ୟ ସାମ୍ବାଦିକ ସଙ୍ଘ (ଏସୟୁଜେ) ଆହ୍ୱାନ କ୍ରମେ ସାରା ରାଜ୍ୟରେ ମୂଲ୍ୟବୋଧ ଭିତ୍ତିକ ସାମ୍ବାଦିକ ଦିବସ ବୁଧବାର ଦିନ ପାଳିତ ହୋଇଯାଇଛି ।ଏହି ପରିପ୍ରେକ୍ଷୀରେ ଏସୟୁଜେ ଜଗତସିଂହପୁର ଜିଲ୍ଲା ଶାଖା ପକ୍ଷରୁ ଏକ ମୂଲ୍ୟବୋଧ ଭିତ୍ତିକ ସାମ୍ବାଦିକତା ଆଲୋଚ଼ନା ଚ଼କ୍ର ଓ ପରିଚ଼ୟ ପତ୍ର ବର୍ଣ୍ଟନ କାର୍ଯ୍ୟକ୍ରମ ବୁଧବାର ଦିନ ପାରାଦୀପ ବଡପଡ଼ିଆ ସ୍ଥିତ କାର୍ଯ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଯାଇଛି । ଏସୟୁଜେ ଜଗତସିଂହପୁର ଜିଲ୍ଲା ସଭାପତି ରତ୍ନାକର ସ୍ୱାଇଁ ଙ୍କ ସଭାପତିତ୍ୱ ରେ ଆୟୋଜିତ ଏହି କାର୍ଯ୍ୟକ୍ରମ ରେ ପାରାଦୀପ ସମେତ ଜଗତସିଂହପୁର ଜିଲ୍ଲାର ବହୁ ସଦସ୍ୟ ଏଥିରେ ଯୋଗଦେଇ ମୂଲ୍ୟବୋଧ ଭିତ୍ତିକ ସାମ୍ବାଦିକତା ଉପରେ ବିସ୍ତୃତ ଆଲୋଚ଼ନା କରିଥିଲେ । ଏହି ଅବସରରେ ଉପସ୍ଥିତ ସମସ୍ତ ସଦସ୍ୟ ଙ୍କୁ ଏସୟୁଜେ ଆଇକାର୍ଡ (ପରିଚ଼ୟ ପତ୍ର) ପ୍ରଦାନ କରାଯାଇଥିଲା କ୍ଷ ଏହି କାର୍ଯ୍ୟକ୍ରମ କୁ ଏସୟୁଜେ ଜିଲ୍ଲା ସାଧାରଣ ସମ୍ପାଦକ ସୁଧାଂଶୁ ନାୟକ ଏବଂ କୋଷାଧ୍ୟକ୍ଷ ସନ୍ତୋଷ ଭାରତୀ ପରିଚ଼ାଳନା କରିଥିବା ବେଳେ ଉପସ୍ଥିତ ସମସ୍ତ ସଭ୍ୟ ଏଥିରେ ସହଯୋଗ କରିଥିଲେ।

## ଆମ ଓଡ଼ିଶା ନବୀନ ଓଡ଼ିଶା' ଯୋଜନାର ଶୁଭାରମ୍ଭ



କୋରାପୁଟ:(ପି ଏ ନ) ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀ ନବୀନ ପଟ୍ଟନାୟକ ଆଜି କୋରାପୁଟ ଜିଲ୍ଲାରେ 'ଆମ ଓଡ଼ିଶା, ନବୀନ ଓଡିଶା' କାର୍ଯ୍ୟକ୍ରମର ଶୁଭାରମ୍ଭ ହୋଇଯାଇଛି।

ରାଜ୍ୟ ସରକାରଙ୍କ ଗ୍ରାମାଭିମୁଖୀ ମହତ୍ତ୍ୱାକାଂକ୍ଷୀ ଆମ ଓଡ଼ିଶା ନବୀନ ଓଡ଼ିଶା ଯୋଜନାରେ ଆଜି ଆଉ ୩ଟି ଜିଲ୍ଲା, କୋରାପୁଟ, ନୂଆପଡ଼ା ଓ ଯାଜପୁର ଜିଲ୍ଲାକୁ ଏହି ଯୋଜନାରେ ଆଜି ସାମିଲ କରାଯାଇ ବିଭିନ୍ନ ଉନ୍ନୟନମୂଳକ ପ୍ରକଳ୍ପର ଶୁଭାରମ୍ଭ କରାଯିବ । ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଏହି ତିନିଟି ଜିଲ୍ଲାରେ ଆଭାସୀ ଜରିଆରେ ଉନ୍ନୟନମୂଳକ ପ୍ରକଳ୍ପର ଶୁଭାରମ୍ଭ ହୋଇଯାଇଛି ।କୋରାପୁଟ ଜିଲ୍ଲାରେ ୧୨୦ କୋଟି ଟଙ୍କା ବ୍ୟୟରେ ୩ ହଜାର ୮୭ଟି ପ୍ରକଳ୍ପ, ନୂଆପଡ଼ା ଜିଲ୍ଲାରେ ୫୬ କୋଟି ଟଙ୍କାରେ ୧୭୬୫ଟି ପ୍ରକଳ୍ପ ଏବଂ ଯାଜପରୁ ଜିଲ୍ଲାରେ ୧୫୫ କୋଟି ଟଙ୍କା ବ୍ୟୟରେ ୪ ହଜାର ୧୦୯ ଟି ବିଭିନ୍ନ ଉନ୍ନୟନମୂଳକ ପ୍ରକଳ୍ପର ଶୁଭାରମ୍ଭ କଲେ ମୁଖ୍ୟମନ୍ତ୍ରୀ ।ଆମ ଓଡ଼ିଶା ନବୀନ ଓଡ଼ିଶା ଯୋଜନାରେ ପ୍ରତି ଗାଁରେ ଜଗନ୍ନାଥ ସଂସ୍କୃତିର ପ୍ରସାର, ପ୍ରତି ପୂଜାସ୍ଥଳୀର ବିକାଶ ଜରିଆରେ ଓଡିଶାର ସଂସ୍କୃତିର ମୂଳଭିତ୍ତିକୁ ସୁଦୃଢ଼ କରାଯିବା ସହିତ ଡିଜିଟାଲ ଭିତ୍ତିଭୂମିର ମଧ୍ୟ ବିକାଶ କରାଯିବାକୁ ଲକ୍ଷ୍ୟ ରଖିଛନ୍ତି ରାଜ୍ୟ ସରକାର 'ଆମ ଓଡିଶା ନବୀନ ଓଡିଶା' ଯୋଜନା ଆରମ୍ଭ ହୋଇଛି। ଏହି କାର୍ଯ୍ୟକ୍ରମର ଫୋକସରେ ରହିଛି ପ୍ରତି ପଞ୍ଚାୟତ, ପ୍ରତି ଗାଁ। ସାରା ରାଜ୍ୟରେ ଆମ ଓଡିଶା ନବୀନ ଓଡିଶା କାର୍ଯ୍ୟକ୍ରମ ପାଇଁ ୩ ହଜାର ୩୯୭ କୋଟି ଟଙ୍କା ଖର୍ଚ୍ଚ ହେବ । ଏହି ଯୋଜନାରେ ରାଜ୍ୟର ୬ ହଜାର ୭୯୪ଟି ପଞ୍ଚାୟତ ସାମିଲ ହେବେ । ମୋଟ ୯୦ ହଜାର ୭୨୩ଟି ପ୍ରକଳ୍ପ କାର୍ଯ୍ୟକାରୀ ହେବ । ଏହି ଯୋଜନାରେ ପ୍ରତି ପଞ୍ଚାୟତକୁ ୫୦ ଲକ୍ଷ ଟଙ୍କା ଲେଖାଏଁ ମିଳିବ ବୋଲି ଭିଡିଓ କଂଫରେନରେ ଭି କେ ପାଣ୍ଡିଆନ ସୂଚ଼ନା ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ସେମିଳିଗୁଡ଼ା ବିଡ଼ିଓ ଲାକ୍ଷ୍ମୀ ନାରାୟଣ ସାବତ ସେମିଳିଗୁଡ଼ା ବ୍ଲକ ଅଧକ୍ଷ। ଲିଲି ଅଣ୍ଟାବିରିଆ ଉପାଧକ୍ଷ ଶିବା ବଙ୍ଗାରି, ପୂର୍ବତନ ପଟ୍ଟାଙ୍ଗି ବିଧାୟକ ପ୍ରଫୁଲ କୁମାର ପାଙ୍ଗି, ସୁନାବେଡା ପୌରାଦକ୍ଷ ଡ଼ ରାଜନ୍ଦ୍ର ପାତ୍ର, ଯୁବ ନେତା ଅମିତ ଅଗ୍ରୱାଲ,ଜିପିଓ କେ କେଶବ,ଏ ଇ ସୃଷ୍ଟି ସୁହାସିନୀ,ଏବଂ ବିଭିନ୍ନ ସରପଞ୍ଚ ସମିତି ସଭ୍ୟ ମାନେ ଉପସ୍ଥିତ ଥିଲେ।କୋରାପୁଟ ନିର୍ବାଚ଼ନି ମଣ୍ଡଳିର ବିଧାୟକ ରଘୁରାମ ପଡାଲ, ପଟ୍ଟାଙ୍ଗି ବିଧାୟକ ପିତମ ପାଢ଼ି, କୋଟପାଡ଼ ବିଧାୟିକା ପଦ୍ମିନୀ ଦିଆନ, ଲକ୍ଷ୍ମୀପୂର ବିଧାୟକ ପ୍ରଭୁ ଜାନି, ବିକାଶ ମୂଳକ ଯୋଜନା ନୂତନ ପ୍ରକୋଷ୍ଠକୁ ସ୍ୱାଗତ ଜଣାଇ ମୁଖ୍ୟ ମୋନ୍ତ୍ରୀଙ୍କ, ଭିକେ ପାଣ୍ଡିଆନଙ୍କୁ ଧନ୍ୟବାଦ ଜଣାଇଥିବା ବେଳେ କୋରାପୁଟ ଜିଲ୍ଲାପାଳ ଅବଦୁଲ ଅଖତର ମଧ ଉନ୍ମୋୟନ ପ୍ରକୋଷ୍ଠକୁ ନେଇ ମୁଖ୍ୟମନ୍ତ୍ରୀ ନାବୀନ ପଟ୍ଟନାୟକଙ୍କୁ ନିଜ ଆଡରୁ ଧନ୍ୟବାଦ ଜଣାଇଥିଲେ।

## ସ୍ତ୍ରୀକୁ ହତ୍ୟା କରିବା କାରଣରୁ ସ୍ୱାମୀକୁ ଆଜୀବନ କାରାଦଣ୍ଡ

ନିମାପଡା,(ପି.ଏନ):ଆଜି ଅତିରିକ୍ତ ଜିଲ୍ଲା ଦୌରା ଜଜ୍ ଲୋକନାଥ ସାହୁ ଏକ ହତ୍ୟା ମାମଲାର ବିଚ଼ାର କରି ଅଭିଯୁକ୍ତକୁ ଆଜୀବନ କାରଦଣ୍ଡରେ ଦଣ୍ଡିତ କରିବା ସହିତ ୫ହଜାର ଟଙ୍କା ଜୋରିମାନା ଓ ଜୋରିମାନା ଅନାଦେରେୟ ୬ମାସ ସଶ୍ରମ କାରାଦଣ୍ଡର ରାୟ ପ୍ରକାଶ କରିଛନ୍ତି। ସୂଚ଼ନାନୁସାରେ ଅସ୍ତରଙ୍ଗ ଥାନା ଅନ୍ତର୍ଗତ ରାଇବେରୁହଁ ଗ୍ରାମର ହାଡିବନ୍ଧୁ ବେହୁରାଙ୍କ ପୁଅ ଗଣେଶ(୩୯) ୨୦୧୨ ମସିହାରେ ଅନ୍ନପୂର୍ଣ୍ଣା ବେହୁରା(୨୫)ଙ୍କୁ ବିବାହ କରିଥିଲେ।ବିବାହର ପରବର୍ତ୍ତୀ ସମୟରେ ଅଧିକ ଯୌତୁକ ଦାବି କରି ଗଣେଶଙ୍କ ପରିବାର ଲୋକେ ଅନ୍ନପୂର୍ଣ୍ଣାଙ୍କୁ ଶାରୀରିକ ଓ ମାନସିକ ନିର୍ଯାତନା ଦେଇ ଆସୁଥିଲେ।ଦିନକୁ ଦିନ ଶଶୁର ଘର ଲୋକଙ୍କ ନିର୍ଯାତନା ବଢ଼ି ଚ଼ାଲୁଥିବା ବେଳେ ୨୦୧୯ ମସିହା ଅଗଷ୍ଟ ମାସ ୨୫ ତାରିଖରେ ଏହା ଉଗ୍ରରୂପ ନେଇଥିଲା।ପୂର୍ବ ବିବାଦକୁ କେନ୍ଦ୍ରକରି ଆସାମୀ ଗଣେଶ ନିଜ ସ୍ତ୍ରୀ ଅନ୍ନପୂର୍ଣ୍ଣାଙ୍କୁ ଏକ ଧାରୁଆ କଟୁରୀ ସାହାଯ୍ୟରେ ଆକ୍ରମଣ କରିବା ସହିତ ତାଙ୍କ ମୁଣ୍ଡରୁ ଗଣ୍ଡିକୁ ଅଲଗା କରି ହତ୍ୟା କରିଥିଲା।ଏ ସଂକ୍ରାନ୍ତରେ ଅନ୍ନପୂର୍ଣ୍ଣାଙ୍କ ବଡ଼ ଭାଇ ପ୍ରଶାନ୍ତ କୁମାର ସାହୁ(୩୨) ଘଟଣାର ପରଦିନ ଅର୍ଥାତ୍ ତା୨୬/୦୮/୨୦୧୯ ରିଖରେ ଅସ୍ତରଙ୍ଗ ଥାନାରେ ଅଭିଯୋଗ କରିଥିଲେ।

## ଆସିକା ବିଜ୍ଞାପିତ ଅଞ୍ଚଳ ପରିଷଦରେ ଧନତେରସ ଉତ୍ସବ ଅନୁଷ୍ଠିତ



ଆସିକା ,(ପି.ଏନ): ଆସ୍କା ଏନ୍. ଏ .ସି କୁ ସ୍ୱଚ୍ଛ ସୁନ୍ଦର ଭାବେ ଗଢ଼ିବା ପାଇଁ ଯେଉଁ ଉଦ୍ୟମ ଜାରି ରହିଛି ତାହାକୁ ଆହୁରି ବ୍ୟାପକ କରିବା ଉଦ୍ଦେଶ୍ୟ ରେ ଆଜି ଆସିକା ବିଜ୍ଞାପିତ ଅଞ୍ଚଳ ପରିଷଦ ଅଧକ୍ଷା ଶ୍ରୀମତୀ ବିନେତା ସ୍ୱାଇଁଙ୍କ ସୌଜନ୍ୟ ରେ ଧନତେରସ ଉତ୍ସବ ଅନୁଷ୍ଠିତ ହୋଇଯାଇଛି ସାଂସଦ ପ୍ରତିନିଧି ଶ୍ରୀ ସତ୍ୟନାରାୟଣ ସ୍ୱାଇଁ ଙ୍କ ତତ୍ତ୍ୱାବଧାନରେ ପ୍ରତ୍ୟେକ ବର୍ଷ ଭଳି ଚ଼ଳିତ ବର୍ଷ ମଧ ଧନତେରାସ ଉତ୍ସବରେ ଆସିକା ବିଜ୍ଞାପିତ ଅଞ୍ଚଳ ପରିଷଦର କାର୍ଯ୍ୟ ନିର୍ବାହୀ ଅଧିକାରୀ ସମସ୍ତ କାଉନସିଲର , ବ୍ରାଣ୍ଡ ଆମ୍ବାସିଡର, ଆସିକା ସି ଡି ପି ଓ ଏନ୍ ଏ ସି କର୍ମକର୍ତ୍ତା , ସଫେଇ କର୍ମଚ଼ାରୀ, ଡ୍ରାଇଭର , ଆହାର କେନ୍ଦ୍ର ପରିଚ଼ାଳିକା ଓ ସହିଯୋଗି , ଏ ସି ଟି ପି ପରିଚ଼ାଳିକା ଓ ସହଯୋଗୀ , ଏମ୍ ସି ସି କର୍ମଚ଼ାରୀ ,ସମସ୍ତ ଅଙ୍ଗନୱାଡ଼ି କର୍ମୀ ଓ ସହାୟିକା ,ସମସ୍ତ ୱାର୍ଡ କୋଡ଼ିନେଟର,ସ୍ୱଚ୍ଛ ସାଥୀ ଓ ସହାୟିକା ଉପସ୍ଥିତିରେ ଅନୁଷ୍ଠିତ ହୋଇ ଥିଲା ଅଧକ୍ଷା ଶ୍ରୀମତୀ ସ୍ୱାଇଁ ତାଙ୍କ ଅଭିଭାଷଣ ରେ ଉପସ୍ଥିତ ସମସ୍ତଙ୍କ କାର୍ଯ୍ୟ ପାଇଁ ଧନ୍ୟବାଦ୍ ଓ କୃତଜ୍ଞତା ଜଣାଇ ଥିଲେ ଆଗାମୀ ଦିନରେ ଏହି କାର୍ଯ୍ୟ ପନ୍ଥା ବଜାୟ ରଖିବା ପାଇଁ ଅନୁରୋଧ କରିଥିଲେ ଶେଷରେ ଉପସ୍ଥିତ ଥିବା ସମସ୍ତ ସହଯୋଗୀ ତଥା କର୍ମଚ଼ାରୀଙ୍କୁ ଧନତେରାସ ଉପହାର ପ୍ରଦାନ କରାଯାଇଥିଲା

## ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର ରେ 'ତୁଳସୀ ପୂଜା'

ରଣପୁର,(ପି.ଏନ): ରଣପୁର ବ୍ଲକ ଗୋପାଳ ପୁର ପଞ୍ଚାୟତ ପୋଷ୍ଟ ଅଫିସ୍ ନିକଟରେ ଅବସ୍ଥିତ ମଦନମୋହନ ବିହାର ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର ରେ ମାତୃ ବୈଠକ ଅନୁଷ୍ଠିତ ହୋଇଛି । ଏହି କାର୍ଯ୍ୟକ୍ରମକୁ ଯୋଗଗୁରୁଭାଇ ପୂର୍ଣ୍ଣଚ଼ନ୍ଦ୍ରନାୟକ ଉଦ୍ଘାଟନ କରିଥିଲେ ।ବିଦ୍ୟାଳୟ ରେ ପାରମ୍ପରିକ ରୀତି ଅନୁସାରେ ତୁଳସୀ ପୂଜା କରାଯାଇଛି । ୩୦ଜଣ ମା ଏହି କାର୍ଯ୍ୟକ୍ରମରେ ଯୋଗ ଦେଇ ଉତ୍ସାହିତ କରିଥିଲେ ।ଆଜିର ଦୁନିଆରେ ବୃକ୍ଷଲତା ଆମରି କି ଉପକାରିତା ଲାଗନ୍ତି ତହାଉପରେ ଆଲୋଚ଼ନା ହୋଇଥିଲା । ପ୍ରଧାନ ଆଚ଼ାର୍ଯ୍ୟା ଅନୁପମା ଦାଶ ତୁଳସୀ ପୂଜା ର ଉଦ୍ଦେଶ୍ୟ ବିଷୟ ରେ ସୂଚ଼ନା ଦେଇଥିଲେ ।ସମସ୍ତ ଶିଶୁ ଭାଇ ଭଉଣୀଙ୍କ ସହିତ ମା ମାନେ ଉପସ୍ଥିତ ରହି କାର୍ଯ୍ୟକ୍ରମକୁ ସହଯୋଗ କରିଥିଲେ । କଳ୍ପନା ପାଇକରାୟ, ସୁଲୋଚ଼ନା ପ୍ରଧାନ,ସ୍ୱୟଂ ପ୍ରଭା ସାହୁ ଗୁରୁମା ମାନେ କାର୍ଯ୍ୟକ୍ରମ କୁ ପରିଚ଼ାଳନା କରିଥିଲେ ।। ଏହିକାର୍ଯ୍ୟକ୍ରମ ପିଲା ମାନଙ୍କୁ ନୈତିକ ଶିକ୍ଷା ଦେଇଛି ।

ADMISSION OPEN
MAHARISHI PLAY SCHOOL
A Great Place to Grow @ mps
PLAY GROUP (2+)
NURSERY (3+)
LKG, UKG, STD-I TO V
25% reservation as per RTE Act (2009)

FIND THE DIFFERENCE
●Surveillance through CCTV Camera ●Small Classes ●Congenial Environment ●Intimate, Safe & Secured Place ●Experienced & loving teachers ●Individual attention to each child ●Spacious Playground ●AC Activity Room ●Transport Facilities
TUITION CLASSES
for Std I to Std V
Timing: 5 PM to 6.30 PM
MAHARISHI PUBLIC SCHOOL
N4-F/24, IRC Village, Nayapalli,
Bhubaneswar, Phone: 0674-2558884,2550786
E-mail: maharishipublic13@gmail.com
25% Seats reserved in Std. 1 under RTE Act

Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751010 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com
ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray